୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK | ପର୍ଯ୍ୟବେକ୍ଷକ

Vol.26 . No.235 Bhubaneswar Tuesday October 29 2024 | ୨୬ତମ ବର୍ଷ ସଂଖ୍ୟା–୨୩୫ ଭୁବନେଶ୍ୱର, ମଙ୍ଗଳବାର, ଅକ୍ଟୋବର ୨୯, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ–୧.୫୦ ₹ 1.50 | (Air Surcharge - 0.50P) | Member-INS

## ଓଏଏସ୍ ସ୍ତରରେ ଅଦଳ ବଦଳ, ମନୋରଞ୍ଜନ ସାହୁ ଭୁବନେଶ୍ୱର ଉପଜିଲ୍ଲାପାଳ

ଭୁବନେଶ୍ୱର,୨୮।୧୦(ପି.ଏନ): ଓଏଏସ୍ ସ୍ତରରେ ଆଜି ଛୋଟ ଧରଣର ଅଦଳବଦଳ କରିଛନ୍ତି ରାଜ୍ୟ ସରକାର। କ୍ରୀଡା ଓ ଯୁବ ସେବା ବିଭାଗର ଯୁଗ୍ମ ସଚ୍ଚିବ ଶୈଳେନ୍ଦ୍ର କୁମାର ଜେନାଙ୍କୁ ମିଶନ ଶକ୍ତି ବିଭାଗର ଯୁଗ୍ମ ସଚ୍ଚିବ ଭାବେ ବଦଳି କରାଯାଇଥିବା ବେଳେ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗର ଯୁଗ୍ମ ସଚ୍ଚିବ ମମତା ବାରିକଙ୍କୁ ଓଡିଶା ଜୀବିକା ମିଶନର ଯୁଗ୍ମ ସଚ୍ଚିବ ଭାବେ ବଦଳି କରାଯାଇଛି। ମିଶନ ଶକ୍ତି ବିଭାଗରେ ଯୁଗ୍ମ ସଚ୍ଚିବ ଥିବା ବିନୋଦ କୁମାର ଜେନାଙ୍କୁ ପର୍ଯ୍ୟଟନ ବିଭାଗ ଯୁଗ୍ମ ସଚ୍ଚିବ ଭାବେ ବଦଳି କରାଯାଇଛି। ପୁରୀ ସବ୍ କଲେକ୍ଟର ଗୋପୀନାଥ କୁଅଁରଙ୍କୁ ମହିଳା ଓ ଶିଶୁ ବିକାଶ ବିଭାଗର ଯୁଗ୍ମ ସଚ୍ଚିବ ଭାବେ




ବଦଳି କରାଯାଇଥିବା ବେଳେ ସୂରଜ କୁମାର ପଟ୍ଟନାୟକଙ୍କୁ ବରଗଡ ଜିଲ୍ଲା ପରିଷଦର ଅତିରିକ୍ତ ଇଓ ଭାବେ ଦାୟିତ୍ୱ ଦିଆଯାଇଛି। ଭୁବନେଶ୍ୱର ମହାନଗର ନିଗମ (ବିଏମ୍‌ସି)ରେ ଡେପୁଟି କମିଶନର ଥିବା ରାଜ କିଶୋର ଜେନାଙ୍କୁ ପୁରୀ ସବ୍-କଲେକ୍ଟର ଭାବେ ବଦଳି କରାଯାଇଛି।

## ରାଜ୍ୟରେ ପ୍ରତିଷ୍ଠା ହେବ ଭିଜିଲାନ୍ସ ଫରେନ୍ସିକ ବିଜ୍ଞାନ ଅନୁଷ୍ଠାନ

ଭୁବନେଶ୍ୱର,୨୮।୧୦(ପି.ଏନ): ରାଜ୍ୟରେ ପ୍ରତିଷ୍ଠା ହେବ ଭିଜିଲାନ୍ସ ଫରେନ୍ସିକ ବିଜ୍ଞାନ ଅନୁଷ୍ଠାନ। ୮ ଜଣ ଏସପି, ୮ ଜଣ ଏଏସପି, ୨୪ ଡିଏସପି ଏଥିରେ କାର୍ଯ୍ୟ କରିବେ। ଏଥିସହ ୨୪ ସାଇବର ଏକ୍ସପର୍ଟ, ଚାର୍ଟାର୍ଡ ଆକାଉଣ୍ଟ, ବ୍ୟାଙ୍କ ଏକ୍ସପର୍ଟ ରହିବେ। ଦୁର୍ନୀତି ନିବାରଣ ସପ୍ତାହ କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଘୋଷଣା କରିଛନ୍ତି।। ପ୍ରତିବର୍ଷ ପରି ଚଳିତ ବର୍ଷ ଅକ୍ଟୋବର ୨୮ରୁ ଦୁର୍ନୀତି ନିବାରଣ ସଚେତନତା ସପ୍ତାହ ପାଳନ କରାଯାଉଛି । ଏହି ସପ୍ତାହ ନଭେମ୍ବର ୩ ତାରିଖ ଯାଏଁ ଚାଲିବ । ଏହି ଅବସରରେ ମୁଖ୍ୟମନ୍ତ୍ରୀ ମୋହନ ମାଝୀ ଜନସାଧାରଣଙ୍କୁ ଦୁର୍ନୀତି ବିରୋଧୀ ଅଭିଯାନରେ ସାମିଲ ହେବା ସହ ସାଧାରଣ ଜୀବନରେ ସ୍ୱଚ୍ଛତା ଓ ଉତ୍ତର ଦାୟିତ୍ୱ ବଜାୟ ରଖିବା ପାଇଁ ଆହ୍ୱାନ ଦେଇଛନ୍ତି ।



ମୁଖ୍ୟମନ୍ତ୍ରୀ ଦୁର୍ନୀତି ନିବାରଣ ସଚେତନତା ସପ୍ତାହ ପାଳନର ପ୍ରଥମ ଦିନରେ କହିଛନ୍ତି ଯେ, ଦୁର୍ନୀତି ବିରୁଦ୍ଧରେ ଶୂନ୍ୟ ସହନଶୀଳତା ନୀତି ଅବଲମ୍ବନ ତାଙ୍କ ସରକାର ପ୍ରତିଶ୍ରୁତିବଦ୍ଧ । ଦୁର୍ନୀତିକୁ ନେଇ କୌଣସି ସାଲିସ କରାଯିବ ନାହିଁ । ସ୍ୱଚ୍ଛ ଶାସନ, ତୁରନ୍ତ ନିଷ୍ପତ୍ତି ଓ କାର୍ଯ୍ୟାନୁଷ୍ଠାନ, ଉତ୍ତରଦାୟିତ୍ୱ ସହିତ ସାମାଜିକ ନ୍ୟାୟ, ସମାବେଶୀ ଶାସନ ଉପରେ ବିଜେପି ସରକାର ଗୁରୁତ୍ୱ ଦେଉଥିବା ମୁଖ୍ୟମନ୍ତ୍ରୀ କହିଛନ୍ତି । ଏଥିପାଇଁ ସରକାର ଉଭୟ ଟପ ଡାଉନ ଓ ବଟମ ଅପ ମଡେଲ କାର୍ଯ୍ୟକାରୀ କରୁଥିବା କହିଛନ୍ତି ମୋହନ ମାଝୀ ।

## ବନ୍ୟାରୁ ସୁରକ୍ଷା ପାଇଁ ଆସିଲା ନୂଆ ଯୋଜନା, ଖର୍ଚ୍ଚ ହେବ ୨୦୦ କୋଟି



ଭୁବନେଶ୍ୱର,୨୮।୧୦(ପି.ଏନ): ରାଜ୍ୟର ତଳମୁଣ୍ଡରେ ଅଧିକ ଜଳପ୍ରବାହ ଯୋଗୁ ସୃଷ୍ଟି ହେଉଥିବା ବନ୍ୟା ପରିସ୍ଥିତିକୁ ଏଡାଇବା ପାଇଁ ମୋହନ ମାଝୀ ସରକାର ଏକ ନୂଆ ଯୋଜନା କାର୍ଯ୍ୟକାରୀ କରିଛନ୍ତି। ଏହି ଯୋଜନାରେ ୫ ବର୍ଷରେ ୨୦୦କୋଟି ଟଙ୍କା ଖର୍ଚ୍ଚ କରାଯିବ। ରାଜ୍ୟ ସରକାର ନିଜସ୍ୱ ପାଣ୍ଠିରୁ ଏହି ଅର୍ଥ ବହନ କରିବେ। 'ବନ୍ଧ ସୁରକ୍ଷା ଓ ଉନ୍ନତିକରଣ କାର୍ଯ୍ୟ' ନାଁରେ ଏହି ନୂଆ ଯୋଜନାରେ ପୁରାତନ ତଥା ଜରାଜୀର୍ଣ୍ଣ ଅବସ୍ଥାରେ ଥିବା ଡ୍ୟାମଗୁଡିକର ପୁନରୁଦ୍ଧାର ଓ ସୁଦୃଢ଼ୀକରଣ କରାଯିବ ବୋଲି ଜଣାପଡିଛି ।

## ମହିଳାଙ୍କୁ ବଞ୍ଚାଇବାକୁ ଯାଇ କେରଳ ମୁଖ୍ୟମନ୍ତ୍ରୀଙ୍କ କାରକେଡ୍ ଦୁର୍ଘଟଣାଗ୍ରସ୍ତ

ଭୁବନେଶ୍ୱର,୨୮।୧୦(ପି.ଏନ): କେରଳ ମୁଖ୍ୟମନ୍ତ୍ରୀ ପିନରାଇ ବିଜୟନଙ୍କ କାରକେଡ୍ ଦୁର୍ଘଟଣାର ସମ୍ମୁଖୀନ ହୋଇଛି। ଏହି ଦୁର୍ଘଟଣା ସମୟର ଭିଡିଓ ଏବେ ସୋଶାଲ ମିଡିଆରେ ଖୁବ ଭାଇରାଲ ହେଉଛି, ଯେଉଁଥିରେ ପଛକୁ ପଛ ଆସି ପାଞ୍ଚରୁ ଅଧିକା ଗାଡି ଧକ୍କା ହେଉଥିବା ଦେଖିବାକୁ ମିଳୁଛି। ତେବେ ଏଥିରେ ମୁଖ୍ୟମନ୍ତ୍ରୀଙ୍କର କୌଣସି କ୍ଷତି ହୋଇନଥିବା ଜଣାପଡ଼ିଛି।

## ଗଜପତିରେ ବାଘ ଆତଙ୍କ, ଲୋକେ ଭୟଭୀତ

ମୋହନା,୨୮।୧୦(ପି.ଏନ): ଘୁମୁସର ବନଖଣ୍ଡରେ ବହୁଦିନ ଧରି ଆତଙ୍କ ଖେଳାଇଥିବା ମହାବଳ ବାଘ ଏବେ ଗଜପତି ଜିଲ୍ଲା ଢେପାଗୁଡା ପଞ୍ଚାୟତରେ ଆତଙ୍କ ଖେଳାଉଛି। ବିଳମ୍ବିତ ରାତିରେ ବାଘ ଏକ ଗାଈକୁ ମାରି ଖାଇଥିବାର ଖବର ପ୍ରଚାରିତ ହେବା ପରେ ଲୋକେ ଭୟଭୀତ ଅବସ୍ଥାରେ ଥିବା ଜଣାଯାଇଛି। ଏଣେ ବନ ବିଭାଗ କର୍ମଚାରୀ ଘଟଣାର ଛାନଭିନ ଚଳାଇଛନ୍ତି।

## ରାଜ୍ୟ ସରକାରଙ୍କ ନୂଆ ଯୋଜନା: ମଠ-ମନ୍ଦିରର ପରିଚାଳନା ସମସ୍ୟାର ହେବ ସମାଧାନ



ଭୁବନେଶ୍ୱର,୨୮।୧୦(ପି.ଏନ): ଦୀପାବଳି ପୂର୍ବରୁ ଏକ ନୂଆ ଯୋଜନାର ଘୋଷଣା କରିଛନ୍ତି ଓଡିଶା ସରକାର । ରାଜ୍ୟର ବିଭିନ୍ନ ମଠ-ମନ୍ଦିର ଇତ୍ୟାଦି ପାଇଁ ଏହି ଯୋଜନା ଆଣିବାକୁ ଯାଉଛନ୍ତି । ମଠ ଏବଂ ମନ୍ଦିର ଗୁଡିକର ଉଚିତ୍ ରକ୍ଷଣାବେକ୍ଷଣ ଏବଂ ପରିଚାଳନା ଇତ୍ୟାଦିରେ ଦେଖା ଦେଉଥିବା ବିଭିନ୍ନ ସମସ୍ୟାର ସମାଧାନ ଏହି ଯୋଜନାର ମୁଖ୍ୟ ଉଦ୍ଦେଶ୍ୟ ରହିବ ।ତେବେ ନୂଆ ଯୋଜନାର ନାମ ବର୍ତ୍ତମାନ ସୁଦ୍ଧା ସ୍ଥିର କରାଯାଇ ନାହିଁ । କିନ୍ତୁ ଏହି ଯୋଜନାକୁ 'ଦେବାଳୟ ପ୍ରକଳ୍ପ' ଯୋଜନା ନାମରେ ନାମିତ କରାଯିବାର ସମ୍ଭାବନା ରହିଛି । ଏ ନେଇ ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ସୂଚନା ଦେଇଛନ୍ତି । ରାଜ୍ୟ ସରକାରଙ୍କ ତରଫରୁ ବର୍ତ୍ତମାନ ଏହି ଯୋଜନା ପାଇଁ ବ୍ଲୁ ପ୍ରିଣ୍ଟ ପ୍ରସ୍ତୁତ କରାଯାଉଛି । ପୂର୍ବ ସରକାର ଆଣିଥିବା 'ଅବଢା' ଯୋଜନାରେ କେବଳ ମରାମତି ବ୍ୟବସ୍ଥା ରହିଥିଲା । କିନ୍ତୁ ଏହି ନୂଆ ଯୋଜନାରେ ସୁରକ୍ଷା ଏବଂ ପରିଚାଳନାରେ ବ୍ୟବସ୍ଥାରେ ମଧ୍ୟ ସୁଧାର ଆଣିବାକୁ ଗୁରୁତ୍ୱ ଦିଆଯିବ ।

## ଓଡିଶାରେ କାହିଁକି ବିଳମ୍ବ ହେବ ବରିଷ୍ଠଙ୍କ ପାଇଁ ଆୟୁଷ୍ମାନ ଭାରତ ?

ଭୁବନେଶ୍ୱର,୨୮।୧୦(ପି.ଏନ): ମଙ୍ଗଳବାରଠାରୁ ସାରା ଦେଶରେ ଆରମ୍ଭ ହେବ ଆୟୁଷ୍ମାନ ଭାରତ ପାର୍ଟ-୨ । ୭୦ ବର୍ଷରୁ ଅଧିକ ସମସ୍ତ ବରିଷ୍ଠ ନାଗରିକଙ୍କୁ ଆୟୁଷ୍ମାନ ଭାରତ-ପ୍ରଧାନମନ୍ତ୍ରୀ ଜନ ଆରୋଗ୍ୟ ଯୋଜନାରେ ମିଳିବ ସ୍ୱାସ୍ଥ୍ୟ ବୀମା। କିନ୍ତୁ ଓଡିଶାରେ ଏହି ଯୋଜନା କାର୍ଯ୍ୟକାରୀରେ ହେବାରେ ସାମାନ୍ୟ ବିଳମ୍ବ ହେବ। କାହିଁକି ନା ଏଯାଏ ରାଜ୍ୟରେ ଆୟୁଷ୍ମାନ ଭାରତ ପାଇଁ ମୋଡାଲିଟି ସ୍ଥିର ହୋଇନାହିଁ। ସେପଟେ ଯଥାଶୀଘ୍ର ଝଡଚ ଆଣି ଆୟୁଷ୍ମାନ ଭାରତ ଯୋଜନା ଲାଗୁ ପାଇଁ ଦାବି କରିଛନ୍ତି ବରିଷ୍ଠ ନାଗରିକ।ସ୍ୱାସ୍ଥ୍ୟମନ୍ତ୍ରୀ ମୁକେଶ ମହାଲିଙ୍ଗ କହିଛନ୍ତି, ଆସନ୍ତାକାଲି ଆୟୁଷ୍ମାନ ଭାରତ ପାର୍ଟ-୨ ଲଞ୍ଚ ହେବା ପରେ ଓଡିଶା ଏହାକୁ କେବଳ ନୀତିଗତ ଭାବେ ଗ୍ରହଣ କରିବ। କିନ୍ତୁ ଚଳିତ ଆର୍ଥିକ ବର୍ଷ ଶେଷ ଆଡକୁ ଯୋଜନା ଲାଗୁ ହୋଇପାରେ।




ଏଥିପାଇଁ ସରକାର ପ୍ରସ୍ତୁତି ଚଳାଇଛନ୍ତି। ଖୁବଶୀଘ୍ର ମୋଡାଲିଟି ପ୍ରସ୍ତୁତ ହେବ। ଏନେଇ ମୁଖ୍ୟମନ୍ତ୍ରୀଙ୍କ ସହ ବୈଠକ ସରିଛି। କେନ୍ଦ୍ର ସରକାରଙ୍କ ସହ ମଧ୍ୟ ଆଲୋଚନା କରାଯାଇଛି। ଉଭୟ ଆୟୁଷ୍ମାନ ଭାରତ ଓ ରାଜ୍ୟ ସରକାରଙ୍କ ଗୋପବନ୍ଧୁ ଆରୋଗ୍ୟ ଯୋଜନା ପାଇଁ ଗୋଟିଏ କାର୍ଡ ରହିବ। ପ୍ରାୟ ୧ କୋଟି ପରିବାର ଏହି ନୂଆ କାର୍ଡ ପାଇବେ। ଏହାଦ୍ୱାରା ସାଢେ ୩ କୋଟି ଲୋକ ଉପକୃତ ହେବେ। ଆଗରୁ ବିଏସ୍‌କେୱାଇ କାର୍ଡରେ ମାତ୍ର ୯୫୦ ହସ୍ପିଟାଲରେ ଚିକିତ୍ସା ସୁବିଧା ମିଳୁଥିଲା। କିନ୍ତୁ ନୂଆ କାର୍ଡରେ ସାରା ଦେଶର ୨୭ ହଜାର ହସ୍ପିଟାଲରେ ସ୍ୱାସ୍ଥ୍ୟ ବୀମା ପାଇ ପାରିବେ ସ୍ୱାସ୍ଥ୍ୟମନ୍ତ୍ରୀ ମୁକେଶ ମହାଲିଙ୍ଗ।

## ସୁଭଦ୍ରା ଯୋଜନାରୁ ବାଦ ଥିବା ମହିଳାଙ୍କୁ ଦୀପାବଳିରେ ଭେଟିଦେବେ ସରକାର !

ଭୁବନେଶ୍ୱର,୨୮।୧୦(ପି.ଏନ): ସୁଭଦ୍ରା ଯୋଜନାରୁ ବାଦ ପଡିଥିବା ହିତାଧିକାରୀଙ୍କ ପାଇଁ ଖୁସି ଖବର । ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡା ଦେଇଛନ୍ତି ସୂଚନା । ମନ୍ତ୍ରୀ କହିଛନ୍ତି, ଶୀଘ୍ର ସୁଭଦ୍ରା ଯୋଜନାର ପ୍ରଥମ କିସ୍ତିର ତୃତୀୟ ପର୍ଯ୍ୟାୟ ଟଙ୍କା ବାକି ଯୋଗ୍ୟ ହିତାଧିକାରୀଙ୍କ ଖାତାକୁ ଯିବ । ମନ୍ତ୍ରୀଙ୍କ ବୟାନରୁ ଜଣାଯାଉଛି କି, ଦୀପବଳି




ଭେଟି ଭାବେ ତୃତୀୟ ପର୍ଯ୍ୟାୟ ଟଙ୍କା ଖାତାକୁ ଆସିବ ।ତେବେ ସୁଭଦ୍ରା ଯୋଜନା ପାଇଁ ବର୍ତ୍ତମାନ ଯାଏ ୧ କୋଟିରୁ ଅଧିକ ମହିଳା ଆବେଦନ କରିଛନ୍ତି । ସେମାନଙ୍କ ମଧ୍ୟରୁ ୬୦ ଲକ୍ଷ ମହିଳାଙ୍କୁ ପ୍ରଥମ ଓ ଦ୍ୱିତୀୟ ପର୍ଯ୍ୟାୟରେ ୫ ହଜାର ଲେଖା ଟଙ୍କା ଦିଆ ସରିଲାଣି । ବାକି ରହିଥିବା ୪୦ ଲକ୍ଷଙ୍କ ଖାତାକୁ ଖୁବ ଶୀଘ୍ର ଟଙ୍କା ଆସିବା ଆଜି ମନ୍ତ୍ରୀଙ୍କ ବୟାନ ପରେ ସ୍ପଷ୍ଟ ହୋଇଛି । କିନ୍ତୁ ଏହି ଭେଟି ଦୀପାବଳିରେ ବା ଦୀପାବଳି ପରେ ପରେ ମିଳିବା ସୁନିଶ୍ଚିତ ହୋଇଛି । ଏହି

## ନଭେମ୍ବର ୫ରେ ହେବ NRTS ପରୀକ୍ଷା: ପ୍ରାଥମିକ ବୃତ୍ତି ପରୀକ୍ଷା ତାରିଖ ଘୋଷଣା କଲା ମାଧ୍ୟମିକ ଶିକ୍ଷା ପରିଷଦ

ଭୁବନେଶ୍ୱର,୨୮।୧୦(ପି.ଏନ): ବାତ୍ୟା 'ଦାନା'ର ଲ୍ୟାଣ୍ଡଫଲ ପୂର୍ବରୁ ରାଜ୍ୟ ସରକାର ସମସ୍ତ ସରକାରୀ ଅଧିକାରୀଙ୍କ ଛୁଟି ବାତିଲ କରିବା ସହିତ ସ୍କୁଲ, କଲେଜ ଓ ଶିକ୍ଷାନୁଷ୍ଠାନ ପାଇଁ ଛୁଟି ଘୋଷଣା କରିଥିଲେ । ଅକ୍ଟୋବର ୨୩ ଓ ୨୫ରେ ହେବାକୁ ଥିବା ଜାତୀୟ ଗ୍ରାମାଞ୍ଚଳ ମେଧାବୃତ୍ତି (ଏନଆରଟିଏସ) ପରୀକ୍ଷା ୨୦୨୪ ଓ ପ୍ରାଥମିକ ବୃତ୍ତି ପରୀକ୍ଷାକୁ ସ୍ଥଗିତ ରଖାଯାଇଥିଲା । ପରବର୍ତ୍ତୀ ସମୟରେ ପରୀକ୍ଷା କେବେ ହେବେ ସେନେଇ ମାଧ୍ୟମିକ ଶିକ୍ଷା ପରିଷଦ (ବିଏସଇ), ଓଡିଶା, କଟକ ତରଫରୁ ସୂଚନା ଜାରି କରାଯିବ ବୋଲି କୁହାଯାଇଥିଲା ।ତେବେ ଏହା ମଧ୍ୟରେ ବୋର୍ଡ ପକ୍ଷରୁ ଏନଆରଟିଏସ ପରୀକ୍ଷା ଓ ପଞ୍ଚମ ଶ୍ରେଣୀ ବୃତ୍ତି ପରୀକ୍ଷା ୨୦୨୪ ତାରିଖ




ଘୋଷଣା କରାଯାଇଛି । ନଭେମ୍ବର ମାସ ୫ ତାରିଖ (ମଙ୍ଗଳବାର) ଦିନ ଏନଆରଟିଏସ୍ ପରୀକ୍ଷା ୨୦୨୪ ଅନୁଷ୍ଠିତ ହେବ । ସକାଳ ୧୦ଟାରୁ ମଧ୍ୟାହ୍ନ ୧୨ଟା ପର୍ଯ୍ୟନ୍ତ ପୂର୍ବ ନିର୍ଦ୍ଧାରିତ ପରୀକ୍ଷା କେନ୍ଦ୍ରରେ ଏହି ପରୀକ୍ଷା ଅନୁଷ୍ଠିତ ହେବ । ସେହିପରି ନଭେମ୍ବର ୬ ତାରିଖରେ ପଞ୍ଚମ ଶ୍ରେଣୀ ବୃତ୍ତି ପରୀକ୍ଷ (ବୁଧବାର) ହେବା ନେଇ ସ୍ଥିରୀକୃତ ହେବ । ସକାଳ ୧୦ଟାରୁ ମଧ୍ୟାହ୍ନ ୧୨ଟା ପର୍ଯ୍ୟନ୍ତ ପରୀକ୍ଷା ଚାଲିବ । ସୂଚନାଯୋଗ୍ୟ ଯେ, ଏନଆରଟିଏସ ପରୀକ୍ଷା ଓ ପ୍ରାଥମିକ ବୃତ୍ତି ପରୀକ୍ଷା ପାଇଁ ବୋର୍ଡ ୱେବସାଇଟରେ ଆଡମିଟ୍ କାର୍ଡ ଜାରି ହୋଇ ସାରିଥିଲା ।

## ନଭେମ୍ବରରେ ଓଡିଶାକୁ ଆସୁଛି ଆଉ ଏକ ବାତ୍ୟା ! ୧୫ ତାରିଖରେ ରଚିବ ତାଣ୍ଡବ

ଭୁବନେଶ୍ୱର,୨୮।୧୦(ପି.ଏନ): ଅକ୍ଟୋବର ନଭେମ୍ବର ମାସ ଆସିଲେ ଓଡିଶାବାସୀଙ୍କ ମନରେ ଛନକା ପଶୁଛି । ଅକ୍ଟୋବର ୨୪ ତାରିଖରେ ବାତ୍ୟା ଦାନା ରାଜ୍ୟର ତିନୋଟି ଜିଲ୍ଲାରେ ତାଣ୍ଡବ କରିଛି । ଏବେ ବି ବନ୍ୟା ପାଣି ଘେରରେ ଏବେ ଅଛନ୍ତି ଶହ ଶହ ଲୋକେ । ଏହାପରେ ଆଉ ଏକ ବାତ୍ୟା ଏବେ ଓଡିଶାମୁହାଁ ହୋଇଛି । ପୁଣି ନଭେମ୍ବର ମାସରେ ଏକ ବଡ ବାତ୍ୟା ହେବା ନେଇ ଭବିଷ୍ୟବାଣୀ ହୋଇସାରିଛି । ବର୍ତ୍ତମାନ ସେହି ଭବିଷ୍ୟବାଣୀ ସତ ହେଉଥିବା ଅନୁମାନ କରାଯାଉଛି । ନଭେମ୍ବର ମାସ ଦ୍ୱିତୀୟ ସପ୍ତାହ ବେଳକୁ ଓଡିଶାରେ ପୁଣି ଏକ ବାତ୍ୟା ମାଡ ହେବ ବୋଲି ପୂର୍ବାନୁମାନ କରାଯାଉଛି । ତେବେ ଆସୁଥିବା ବାତ୍ୟାର ନାଁ ହେଉଛି ଫେଙ୍ଗଲ । ଯାହା ପୁଣି ଓଡିଶାରେ ମାଡ ହୋଇପାରେ । ଆଉ କେଉଁଦିନ ରଚିବ ତାଣ୍ଡବ ତାହା ମଧ୍ୟ ସ୍ପଷ୍ଟ ହୋଇଛି । ପୁଣି ନଭେମ୍ବର ୫ରୁ ୧୫ ଭିତରେ ଘୂର୍ଣ୍ଣିବଳୟ ଏହା ପରେ ବାତ୍ୟା ହେବ । ତେବେ ଆପଣଙ୍କୁ ଏ କଥାଟି ବିଶ୍ୱାସ ହେଉନଥିବା କିନ୍ତୁ ଏ କଥା ଟି ସମ୍ପୂର୍ଣ୍ଣ ସତ । ତେବେ ଅସଲି ଖଡିରତ୍ନ ପାଞ୍ଜିରେ ଲେଖା ହୋଇଛି ପୁଣି ଓଡିଶାରେ ହେବ ବାତ୍ୟା । ନଭେମ୍ବରରେ ଆସୁଛି ଆଉ ଏକ ଘୂର୍ଣ୍ଣିବଳୟ । ଯାହା ନଭେମ୍ବର ୫ରୁ ନଭେମ୍ବର ୧୫ ମଧ୍ୟରେ ହେବ ବାତ୍ୟା । ପୁଣି ଦେଖାଇବା କରାଳ ରୂପ । ଖଡିରତ୍ନ ପଞ୍ଜିକାରେ ଯାହା ଲୋଖା ହୋଇଛି ତାହା ଏବେ ସତ ହେଉଛି । ଏକଥା ଆମେ କହୁନାହୁଁ ବାତ୍ୟା ନେଇ ପାଞ୍ଜିରେ ଲେଖା ହୋଇଛି । ତେବେ ଟିକେ ଭଲଭାବେ ଦେଖନ୍ତୁ ଖଡିରତ୍ନ ପଞ୍ଜିକା ଉପରେ ପୁଣି ବାତ୍ୟା ହେବ ବୋଲି ଲେଖା ହୋଇଛି । ଅକ୍ଟୋବର ମାସ ୨୩ ତାରିଖରେ ହେବ ବାତ୍ୟା ପ୍ରଳୟ ରଚିବ, ସାମୁଦ୍ରିକ ଝଡ ମାଡିଆସିବ । ଆଉ ତାହା ଗୋଟି ଗୋଟି ପୂରଣ ହୋଇଛି । ଏବେ ନଭେମ୍ବର ମାସରେ ବାତ୍ୟା ହେବା ନେଇ ଖଡିରତ୍ନ ପଞ୍ଜିକାରେ ଲେଖା ହୋଇଛି । ତେବେ ପାଞ୍ଜିକାରେ ଲେଖା ହୋଇଥିବା ବାଣି ଉପରେ ଟିକେ ନଜର ପକାନ୍ତୁ । ନଭେମ୍ବର ମାସ ୫ ତାରିଖରୁ ୯ ତାରିଖ ମଧ୍ୟରେ ପ୍ରଚଣ୍ଡ ବାୟୁ ପ୍ରବାହ ହେବ, ଏହା ସହ ନଭେମ୍ବର ୧୧ ତାରିଖରୁ ୧୫ତାରିଖ ମଧ୍ୟରେ ସାମୁଦ୍ରିକ ଝଡ ହେବାର ସମ୍ଭାବନା ରହିଛି । ଲଘୁଚାପରେ ପରିଣତ ହୋଇ ବଡ ବଡ ଜୁଆର ମାଡିଆସିବ । ତେବେ ବନ୍ୟା ଦ୍ୱାରା ବହୁ ଧନଜୀବନ ପ୍ରଭାବିତ ହେବେ । ତେବେ ଏମିତି କିଛି ଲେଖା ହୋଇଛି ଖଡିରତ୍ନ ପାଞ୍ଜିରେ । ପାଞ୍ଜିର ଏହି ଭବିଷ୍ୟବାଣୀ ପରେ ଏବେ ପାଣିପାଗ ବିଭାଗର ଆକଳନ ଆହୁରି ଭୟ ବଢାଇଦେଇଛି।

## ବାଣ ବିକ୍ରି ପାଇଁ ଆସିଲା ଗାଇଡଲାଇନ, ସୁପ୍ରିମକୋର୍ଟଙ୍କ ନିୟମ ଅନୁସାରେ ଫୁଟାଯିବ ବାଣ

ନୂଆଦିଲ୍ଲୀ,୨୮।୧୦(ପି.ଏନ): ଆଗକୁ ଆସୁଛି ଦୀପାବଳୀ ପର୍ବ। ଏନେଇ ସହରଠୁ ପଲ୍ଲୀ ଯାଏଁ ସବୁଠି ଉତ୍ସବ ମୁଖର ହୋଇଉଠିଛି। ଏହାରି ମଧ୍ୟରେ ବାଣ ବିକ୍ରିକୁ ନେଇ ଗାଇଡଲାଇନ ଜାରି ହୋଇଛି। ସୁପ୍ରିମକୋର୍ଟଙ୍କ ନିୟମ ଅନୁଯାୟୀ ବାଣ ଫୁଟିବ। ରାଜଧାନୀର ୨୫ଟି ସ୍ଥାନରେ ଖୋଲାଯିବ ଅସ୍ଥାୟୀ ବାଣ ଦୋକାନ। ଏନେଇ ସୂଚନା ଦେଇଛନ୍ତି ଭୁବନେଶ୍ୱର ଡିସିପି ପିନାକ ମିଶ୍ର। ସେ କହିଛନ୍ତି ଯେ, ଅସ୍ଥାୟୀ ବାଣ ଦୋକାନ ପାଇଁ ୪୬୫ରୁ ଅଧିକ ଆବେଦନ ଆସିଛି। ସେଥି ମଧ୍ୟରୁ ୨୦୦ରୁ ଅଧିକ ଦୋକାନୀଙ୍କୁ ଅନୁମତି ଦିଆଯାଇଛି। କୌଣସି ଦୋକାନରେ ୩୦୦ କେଜିରୁ ଅଧିକ ବାଣ ରଖିପାରିବେନି ଦୋକାନୀ। ବାଣ ଦୋକାନ ମଧ୍ୟରେ ଅତି କମରେ ୫୦ ଫୁଟ୍ ଦୂରତା ରହିବା ଆବଶ୍ୟକ। ବେଆଇନ ଭାବେ ଗଚ୍ଛିତ ବାଣ ଜବତ ପାଇଁ



ପୋଲିସ ଚଢାଉ କରିଛି। ପ୍ରାୟ କୋଡିଏ ଲକ୍ଷ ଟଙ୍କାରୁ ଅଧିକ ମୂଲ୍ୟର ବାଣ ପୋଲିସ ଜବତ କରିଛି। ବାଲିପାଟଣା ଥାନା ଅଞ୍ଚଳରୁ ୧୫୦ କୋଟିରୁ ଅଧିକ ବାଣ ପ୍ରସ୍ତୁତ ସାମଗ୍ରୀ ଜବତ ହୋଇଛି। ସୁପ୍ରିମକୋର୍ଟଙ୍କ ନିୟମ ଅନୁସାରେ ବାଣ ଫୁଟାଯିବ। ବିପଦଜନକ ବାଣ ଫୁଟା ଓ ବିକ୍ରି ଉପରେ କଟକଣା। ସବୁଜ ବାଣ ବିକ୍ରି ପାଇଁ ଗୁରୁତ୍ୱ ଦିଆଯାଇଛି। ଦୋକାନରେ ୩ ଶହ କିଲୋରୁ ଅଧିକ ବାଣ ରହିବନି। ଦୋକାନ ଦୋକାନ ମଧ୍ୟରେ ୩ ମିଟରର ଦୂରତା ରହିବ। ଦୋକାନ ସାମ୍ନାରେ ୫୦ ମିଟରର ଖାଲି ସ୍ଥାନ ରହିବ। ଦୋକାନ ଚାରିପାର୍ଶ୍ୱକୁ ଟିଣରେ ଆବଦ୍ଧ କରାଯିବ। ନିଆଁଲିଭା ଯନ୍ତ୍ର, ଓଦା ଅଖା, ବାଲି ଭର୍ତ୍ତି ଡ୍ରମ ରଖାଯିବ। ଅଗ୍ନିଶମ ବିଭାଗ ଓ ବିଏମସି ନିୟମ ମାନିବାକୁ ଦୋକାନୀ ବାଧ୍ୟ। ନିୟମ ଖିଲାପ କଲେ କାର୍ଯ୍ୟାନୁଷ୍ଠାନ ନିଆଯିବ। ଖୁଚୁରା ବାଣ ବିକ୍ରି କଲେ ଏହାକୁ ବେଆଇନ ଦର୍ଶାଯିବ ବୋଲି ଗାଇଡଲାଇନରେ କୁହାଯାଇଛି।

## ମୁଖ୍ୟମନ୍ତ୍ରୀଙ୍କ ସରକାରୀ ପୋର୍ଟାଲରୁ ସମ୍ପତ୍ତି ତାଲିକା ଗାଏବ !

ଭୁବନେଶ୍ୱର,୨୮।୧୦(ପି.ଏନ): ରାଜ୍ୟରେ ନୂଆ ସରକାର ଆସିବା ପରେ ବଦଳୁଛି ଯୋଜନାର ନାମ ଓ ରଙ୍ଗ । ଠିକ୍ ? ଢଙ୍ଗରେ ବଦଳି ଯାଇଛି ମୁଖ୍ୟମନ୍ତ୍ରୀଙ୍କ ପୋର୍ଟାଲର କଳେବର । ଏବେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ସରକାରୀ ପୋର୍ଟାଲରୁ ଗାଏବ ହୋଇଯାଇଛି ସମ୍ପତ୍ତି ତାଲିକା ବ୍ୟବସ୍ଥା। ଏହାକୁ ନେଇ ସବୁ ମହଲ ତାଜୁବ ।ପୂର୍ବ ସରକାର ସମୟରେ ମୁଖ୍ୟମନ୍ତ୍ରୀ, ମନ୍ତ୍ରୀ ଓ ସଚ୍ଚିବଙ୍କ ବାର୍ଷିକ ସମ୍ପତ୍ତି ତାଲିକା ନେଇ ବର୍ଷୱାରୀ ତାଲିକ ପୋର୍ଟାଲରେ ଉପଲବ୍ଧ ହେଉଥିଲା । ଏବେ ସେହି ବ୍ୟବସ୍ଥାକୁ ଆଉ ଦେଖିବାକୁ ମିଳୁନି । ଯଦିଓ ନୂଆ ସରକାରକୁ ବର୍ଷ ? ପୂରିନି । ବୋଧହୁଏ ଏଥିପାଇଁ ସମ୍ପତ୍ତି ବିବରଣୀ ଉପଲବ୍ଧ କରାଯାଇ ପାରିନଥିବ । ତେବେ ଏ ନେଇ ସରକାରଙ୍କ ପକ୍ଷରୁ କିଛି ବି ସ୍ପଷ୍ଟ କରାଯାଇନି । ରାଜ୍ୟକୁ ଦୁର୍ନୀତିମୁକ୍ତ ପ୍ରଶାସନ ଦେବାକୁ ଯାଇ ୨୦୨୪ ନିର୍ବାଚନରେ ବିଜେପି ଯେପରି କ୍ଷମତାକୁ ଆସିଛି, ସେହି ଅନୁଯାୟୀ ମନ୍ତ୍ରୀଙ୍କ ସମ୍ପତ୍ତି ତାଲିକା ଗାଏବ ହୋଇଯିବା କି ସ୍ୱଚ୍ଛ ପ୍ରଶାସନକୁ ଦର୍ଶାଉଛି ବୋଲି ସାଧାରଣରେ ପ୍ରଶ୍ନ ସୃଷ୍ଟି କରିଛି ।











## ଟି ଟାଇମ୍

# ପୁରାଣ କାହାଣୀ

# ଅଂହକାରରୂପୀ ସାପ



ମହାରାଷ୍ଟ୍ରର ସନ୍ଥ ଜ୍ଞାନେଶ୍ୱର, ନାମଦେବ ଓ ମୁକ୍ତାବାଈଙ୍କ ସହ ତର୍ଥୀ କରି ପ୍ରସିଦ୍ଧ ସନ୍ଥ ଗୋରାଙ୍କ ନିକଟରେ ପହଂଚିଲେ । ସନ୍ଥ ସମାଗମ ହେଲା, ଚର୍ଚ୍ଚ ଚାଲିଲା । ତବସ୍ୱନୀ ମୁକ୍ତାବାଈ ପାଖରେ ପଡିଥିବା ଏକ ବାଡ଼ିକୁ ଲକ୍ଷ୍ୟ କରି ଗୋରା କୁମ୍ଭାରଙ୍କୁ ପଚାରିଲେ ଇଏ କାଣ ? ଗୋରା ଉତ୍ତର ଦେଲେ ମାଠିଆ ପାକଳ ହୋଇଛି କି କଂଚା ଅଛି, ଜାଣିବା ପାଇଁ ଏହି ବାଡିରେ ଯାଂଚ କରେ । ମୁକ୍ତାବାଈ ହସିଦେଇ କହିଲେ ଆମେ ବି ତ ମାଟିର ପାତ୍ର । ଏଥିରେ ଆମକୁ ଯାଂଚ କରିପାରିବ ? ହଁ କାହିଁକି ନୁହେଁ, କହି ଗୋରା ଉଠିଲା ଏବଂ ସେଠାରେ ଉପସ୍ଥିତ ପ୍ରତ୍ୟେକ ମହାତ୍ମାଙ୍କ ମୁଣ୍ଡକୁ ବାଡ଼େଇଲେ । ସେମାନଙ୍କୁ ମଧ୍ୟରୁ କିଛି ଏଥିରେ ଖୁସି ହେଲେ , ଆଉ କିଛି ସାଧୁଙ୍କୁ ଏହା ରହସ୍ୟ ମନେହେଲା । କିନ୍ତୁ ନାମଦେବଙ୍କୁ ଖରାପ ଲାଗିଲା । ଜଣେ କୁମ୍ଭାର ତାଙ୍କ ଭଳି ସନ୍ଥଙ୍କୁ ବାଡ଼ିରେ ପରୀକ୍ଷା କରୁଛି, ଏହା ତାଙ୍କର ପସନ୍ଦ ହେଲା ନାହିଁ । ତାଙ୍କ ଚେହେରାରେ କ୍ରୋଧ ସ୍ପଷ୍ଟ ବାରି ହେଉଥିଲା। ନାମଦେବଙ୍କ ପାଳି ପଡ଼ିଲା । ଗୋରା ତାଙ୍କ ମୁଣ୍ଡରେ ରଖି କହିଲା ଏ ପାତ୍ର କଂଚା ଅଛି । ତା ପରେ ନାମଦେବଙ୍କୁ ଧୀର ସ୍ୱରରେ କହିଲେ ତପସ୍ୱୀ ଶ୍ରେଷ୍ଠ, ଆପଣ ନିଶ୍ଚୟ ସନ୍ଥ କିନ୍ତୁ ଆପଣଙ୍କର ହୃଦୟରେ ଅହଂକାର ରୂପୀ ସାପ ଏବେ ବି ମରିନାହିଁ । ସେଥିପାଇଁ ମାନ ଆପମାନ ଆନକୁ ଆପଣଙ୍କ ଧ୍ୟାନ ତୁରନ୍ତ ଚାଲିଯାଉଛି । ଯେତେବେଳେ ଜଣେ ସଦ୍‌ଗୁରୁ ଆପଣଙ୍କ ମାର୍ଗଦର୍ଶନ କରିବେ, ଏସାପ ସେତେବେଳ ମରିବ । ସନ୍ଥ ନାମଦେବ ବୁଝିପାରିଲେ । ନିଜ ଭିତରେ ଅହଂକାର ମରିଗଲା । ନାମଦେବଙ୍କୁ ଆଜି ସମସ୍ତେ ଜାଣନ୍ତି, କିନ୍ତୁ ମୂଳଦୁଆ ତଳ ପଥର ଭଳି ଲୋକଙ୍କ ଆଖିରୁ ଦୁରେଇ ଯାଇଛନ୍ତି ଗୋରା । ନାମଦେବଙ୍କୁ ଅଂହକାରମୁକ୍ତ କରିବାରେ ତାଙ୍କର ସବୁଠୁ ବଡ଼ ଯୋଗଦାନ ଥିଲା । ପ୍ରକୃତରେ କହିବାକୁ ଗଲେ ନାମଦେବଙ୍କ ଅସଲ ଗୁରୁ ଗୋରା । ତାଙ୍କ କଥାରେ ନାମଦେବ ବିଠୋବା ଖେଚରଙ୍କଠୁ ଦୀକ୍ଷା ନେଲେ ।

# ଆଜିର ଭାଗ୍ୟ

**ମେଷ** — କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ** — ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ** — କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ** — ବନ୍ଧୁଙକ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ଥି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ** — ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା** — ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା** — ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା** — ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ** — ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

**ମକର** — କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ** — ଯେତେ ତ୍ୟାଗ ସ୍ୱିକାର କଲେ ମଧ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ** — କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

# ଟ୍ୟାକ୍ସି ଡ୍ରାଇଭରଙ୍କ ଖାତାକୁ ଆସିଲା ୧୦ହଜାର କୋଟି

ବରନାଲା ବ୍ୟାଙ୍କ ଅଧିକାରୀଙ୍କ ଦାୟିତ୍ୱହୀନତା କାରଣରୁ ଜଣେ ଟ୍ୟାକ୍ସି ଡ୍ରାଇଭରଙ୍କ ଆକାଉଣ୍ଟରେ ପ୍ରଥମେ ୯୮୦୫କୋଟି ଏବଂ ପରେ ୯୯୯କୋଟି (ମୋଟଓ ୧୦୮୦୪କୋଟି)ଟଙ୍କା ଜମା ହୋଇଗଲା। ଦୈନିକ ୫୦୦ଟଙ୍କା ରୋଜଗାର କରୁଥିବା ପାବର ବରନାଲାର ଏହି ଟ୍ୟାକ୍ସି ଡ୍ରାଇଭର ବଲବିନ୍ଦର ସିଂ ହଠାତଓ ଆଶ୍ଚର୍ଯ୍ୟ ହୋଇପଡିଥିଲେ। ମୋବାଇଲରେ ବ୍ୟାଙ୍କ ବାଲାନ୍ସ ମେସେଜଓ ପଢି ତୁରନ୍ତ ଦୌଡିଥିଲେ ଆୟକର କାର୍ଯ୍ୟାଳୟକୁ। ସିଧାସଳଖ ଆୟକର ଅଧିକାରୀଙ୍କ ଗୋଡତଳେ ପଡି ସେ କହିଥିଲେ ଯେ ମୋ ଆକାଉଣ୍ଟକୁ କିପରି ଏତେ ଟଙ୍କା ଆସିଲା ତାହା ମୁଁ ଜାଣିନାହିଁ। ଦୟାକରି ମୋତେ ଜେଲ ପଠାନ୍ତୁ ନାହିଁ। ବଲବିନ୍ଦରଙ୍କ ଷ୍ଟେଟ ବ୍ୟାଙ୍କ ଅଫଓ ପାଟିଆଲାରେ ଏକ ବ୍ୟାଙ୍କ ଆକାଉଣ୍ଟ ରହିଛି। ଏହି ବ୍ୟାଙ୍କର ଅଧିକାରୀମାନଙ୍କ ଦାୟିତ୍ୱ ହୀନତା ଯୋଗୁ ତାଙ୍କ ଆକାଉଣ୍ଟକୁ ଏହି ଟଙ୍କା ଆସିଥିଲା। ଘଟଣା ସମ୍ପର୍କରେ ଜଣାପଡିବା ପରେ ବ୍ୟାଙ୍କ ପ୍ରବନ୍ଧକ ରବିନ୍ଦର କୁମାର ସଫେଇ ଦେଇ କହିଥିଲେ ଯେ ଏହା ଏକ ବୈଷୟିକ ତ୍ରୁଟି ଥିଲା। ତୁରନ୍ତ ଏହି ଖାତାକୁ ଆମେ ବ୍ଲକଓ କରିଛୁ। ଯେଉଁ ଅଧିକାରୀଙ୍କ ଭୁଲ ଯୋଗୁ ଏହା ଘଟିଛି ତାଙ୍କ ବିରୁଦ୍ଧରେ ନିଶ୍ଚିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ଅନ୍ୟପଟେ ଖବର ପାଇବା ପରେ ଆୟକର ବିଭାଗର ଅଧିକାରୀମାନେ ଏହି ବ୍ୟାଙ୍କ ଉପରେ ରେଡଓ କରିଥିଲେ।

# ପ୍ଲାଷ୍ଟିକ୍ ବେବି

ଏହି ବ୍ୟସ୍ତ ବହୁଳ ଜୀବନରେ ଜଣେ ସାଧାରଣ ବ୍ୟକ୍ତି ଠିକ୍ ଭାବରେ ଖାଦ୍ୟ ଖାଇବାକୁ ସମୟ ପାଉନଥିବା ବେଳେ ୮ବର୍ଷୀୟ ପିଲା ଖାଦ୍ୟ ଖାଇବା ଛାଡ଼ି ପ୍ଲାଷ୍ଟିକ୍ ଜିନିଷ ଖାଇ ଯାଉଛି । ୮ବର୍ଷର ଝିଅ ଜେସିକା ଓ୍ୱାକର, ପିକା ନାମକ ରୋଗରେ ପୀଡ଼ିତ । ଏହି ରୋଗରେ ଜେସିକା ପୌଷ୍ଟିକ ଆହାରକୁ ଛାଡ଼ି ଅନ୍ୟ ସବୁ କିଛି ଖାଇବାକୁ ଇଚ୍ଛା ହୋଇଥାଏ ଯାହା ଜଣେ ସାଧାରଣ ବ୍ୟକ୍ତି କେବେ ଖାଇନଥାଏ । ଜେସିକାର ମା’ ଲିଣ୍ଡସେ କହନ୍ତି ଯେତେବେଳେ ଜେସିକା ଛୋଟଥିଲେ ବାଲି, ମାଟି ଓ ମହମବତୀ ଖାଇଦେଉଥିଲେ । ଯଦି ପ୍ଲେଟରେ ମାଂସ ତରକାରି କିମ୍ବା ଅନ୍ୟ କୌଣସି ବ୍ୟଞ୍ଜନ ରଖାଯାଇଥାଏ ତେବେ ଜେସିକା ତାକୁ କେବେବି ଛୁଅନ୍ତି ନାହିଁ । ଝିଅର ଏଭଳି ସମସ୍ୟା ଦେଖି ତାଙ୍କ ମା’ ତାକୁ ବାଳ ସୁରକ୍ଷା ଗୃହରେ ଛାଡ଼ିଥିଲେ କିନ୍ତୁ ସେଠାରେ ମଧ ଏକା ପରିସ୍ଥିତି ଉପୁଜିଥିଲା । ଜେସିକା କଞ୍ଚା ପରିବା ଖାଆନ୍ତି, ଜିନିଷ ପତ୍ର ଉପରେ ଲାଗିଥିବା ର୍ୟାପ୍ ବା ଜରିକୁ ଖାଆନ୍ତି । ଡାକ୍ତରଙ୍କ କହିବା ଅନୁସାରେ ଜେସିକାଙ୍କର ଏହି ରୋଗ ଭିଟାମିନ୍‌ର ଅଭାବ କାରଣରୁ ହୋଇଥାଏ । ପାଞ୍ଚ ବର୍ଷ ହେବ ଜେସିକାଙ୍କର ଏହି ରୋଗ ହୋଇଥିଲେ ହେଁ ତାଙ୍କର ଚିକିତ୍ସା ଠିକ୍ ଭାବେ କରାଯାଇପାରୁନାହିଁ । ଏଥିପାଇଁ ଜେସିକାର ମା’ ବହୁତ ଚିନ୍ତିତ ଅଛନ୍ତି ।

# ୨୮ ବର୍ଷ ପରେ ସନ୍ତାନ



ଇଟାଲିର ଛୋଟ ସହର ଓସଟାନାରେ ୧୯୮୭ ପରେ ପ୍ରତମ ତର ଶିଶୁର କାନ୍ଦ ସ୍ୱର ଶୁଣିବାକୁ ମିଳିଛି । ପାବ୍‌ଲୋ ନାମକ ଏହି ଶିଶୁ ତୁରିନ୍ ହସ୍ପିଟାଲ୍‌ରେ ଜନ୍ମ ହୋଇଛି । ତାର ଜନ୍ମ ପରେ ସମଗ୍ର ଅଂଚଳରେ ଖୁସିର ଲହରୀ ଖେଳିଯାଇଛି, ବେଶ ଧୂମଧାମ୍‌ରେ ଉତ୍ସବ ପାଳିତ ହୋଇଛି । ଓସଟାନାର ଲୋକସଂଖ୍ୟା ୮୪ । ଏବେ ଏହି ସଂଖ୍ୟା ୮୫ ହୋଇଛି । ପିଡ୍‌ମଂଟ ଅଂଚଳରେ ପାହାଡ ମଝିରେ ସ୍ଥିତ ଓସଟାନାର ମେୟର୍ ଗିୟାକୋମା ଲୋମ୍‌ବାରଡୋ ଏ ନେଇ ବହୁତ ଖୁସି । ଦୀର୍ଘ ଦିନର ସ୍ୱପ୍ନ ସତ ହୋଇଛି ବୋଲି ସେ କହିଛନ୍ତି । ଉନବିଂଶ ଶତାବ୍ଦୀ ଆରମ୍ଭରେ ୧ ହଜାର ଲୋକ ଏଁଠାରେ ବାସ କରୁଥିଲେ । ଧୀରେ ଦୀରେ ଜନସଂଖ୍ୟା କମିଲା । ୧୯୭୫ରେ ଜନ୍ମହାର ବହୁତ କମିଲା । ୧୯୭୬ ଓ ୧୯୮୭ ମଧ୍ୟରେ ୧୭ ପିଲା ଜନ୍ମ ହୋଇଥିଲେ । ଏହି ସମସ୍ୟାରୁ ମୁକୁଳିବା ପାଇଁ ଓସଟାନା ନୂଆ ଚାକିରି ସୃଷ୍ଟି କରିବାକୁ ଯୋଜନା କରୁଛି । ସହରର ପରମ୍ପରା ରକ୍ଷା କରିବା ପାଇଁ ଏହାର ପ୍ରବେଶ ଦ୍ୱାରରେ ଏକ ବଗ ମଡେଲ ନିର୍ମିତ ହୋଇଛି । ତା ଥଂଟରେ ନୀଳ ରଙ୍ଗର ଗୋଟିଏ ଛୋଟ ବିଡ଼ା ଅଛି ।

# ଭୋଡକା ନେଲା ଜୀବନ



ଜୋସରେ ଆସି ହୋସ ଉଡାଇବା ଅନୁଚିତ । ବ୍ରାଜିଲର ବାଉର ମସକିଟୋ ୟୁନଭରସିଟିର ଛାତ୍ର ସାଙ୍ଗମାନଙ୍କ ସହ ମିଶି ଭୋଡକା ପିଇବାର ବାଜି ଲଗାଇଥିଲେ । ୨୩ ବର୍ଷୀୟ ହମବ୍ରୋଟ ମୁର ଫୋନସକା ୧ ମିନିଟରେ ୨୫ ଭୋଡକା ସୋଟସ ପିଇଥିଲେ । ହମବ୍ରୋଟଙ୍କଠାରୁ ଅନ୍ୟ କେହି ଶୀଘ୍ର ପିଇ ପାରିନଥିଲେ । ୨୫ଟି ଭୋଡକା ପିଇବା ପରେ ଜ୍ୱର ହେବା ପରି ଅନୁଭବ କରିଥିଲେ । ନିଶା ଅଧିକ ହୋଇ ଯାଇଥିବାରୁ ସେ ଅଚେତ ହୋଇପଡିଥିଲେ । ହମବ୍ରୋଟଙ୍କ ଅନ୍ୟ ସାଙ୍ଗମାନେ ବାନ୍ତି କରିବାରେ ଲାଗିଲେ । ସ୍ୱାସ୍ଥ୍ୟାବସ୍ଥା ଖରାପ ହେବାରୁ ଆମ୍ବୁଲାନ୍ସ ଡାକିବାକୁ ପଡିଥିଲା । ଭୋଟକା ପିଇଥିବା ସମସ୍ତ ଛାତ୍ରଙ୍କୁ ମେଡିକାଲରେ ଭର୍ତ୍ତି କରାଯାଇଥିଲା । କିନ୍ତୁ ହମବ୍ରୋଟଙ୍କ ହସ୍ପିଟାଲ ଯିବା ରାସ୍ତାରେ ମୃତ୍ୟୁ ହୋଇଥିଲା ।

# ଲାଭଦାୟକ ୱେବ୍‌ସାଇଟ୍



ଅନ୍‌ଲାଇନ୍ ସପିଂର ମଜା ଯିଏ କରିଛି ସିଏ ଜାଣିଛି । ଗୋଟିଏ କ୍ଲିକ୍‌ରେ ଜିନିଷ ପାଖରେ ଆସି ହାଜର ହୋଇଯାଏ । ନା ମୁଲେଇ କରିବାକୁ ପଡ଼ିଥାଏ ନା ଘଣ୍ଟା ଘଣ୍ଟା ଅପେକ୍ଷା କରିବାକୁ ପଡ଼ିଥାଏ । କଥାରେ କହନ୍ତି ବାପାମା’ଙ୍କୁ ଛାଡ଼ିଦେଇ ସବୁକିଛି ଇଣ୍ଟରନେଟ୍‌ରେ ଉପଲବ୍ଧ । କିନ୍ତୁ ଆଜି ଆପଣଙ୍କୁ ଆମେ ଏପରି ଏକ ୱେବ୍‌ସାଇଟ୍ ବିଷୟରେ ଜଣାଇବୁ ଯେଉଁଥିରୁ ଆପଣ ଯାହା ଚାହିଁବେ ତାହା କିଣିପାରିବେ । ଜାପାନର ଏକ ୱେବ୍‌ସାଇଟ୍ ନ୍ତରେଣ୍ଟଏବାଇଫଅଟୋବା ଡଟ୍ କମ୍’ରେ ଆପଣଙ୍କୁ ଅନ୍ତଃବସ୍ତ୍ରଠାରୁ ଆରମ୍ଭ କରି ମା-ବାପା, ପତି-ପତ୍ନୀ ଏବଂ ପିଲା ମଧ ଭଡ଼ାରେ ମିଳିଥାନ୍ତି । ବର୍ତ୍ତମାନ ଜାପାନରେ ଏହି ୱେବ୍‌ସାଇଟ୍ ଅନେକ ଲୋକପ୍ରିୟ ହୋଇଗଲାଣି । ଏହି ୱେବ୍‌ସାଇଟ୍‌ଟି ଗ୍ରାହକମାନଙ୍କୁ ସମସ୍ତ ପ୍ରକାରର ସୁବିଧା ଯୋଗାଇବା ପାଇଁ ଗ୍ରାହକମାନଙ୍କଠାରୁ ମୋଟା ପରିମାଣର ଅର୍ଥ ନେଇଥାଏ । ଜାଣିରଖନ୍ତୁ ଏହି ୱେବ୍ ସାଇଟ୍‌ରେ କ’ଣ ସବୁ ମିଳୁଛି ? ଯଦି ଆପଣ ଏକଲା ଅଛନ୍ତି ତେବେ ଏହି ୱେବ୍‌ସାଇଟ୍‌ଟି ଆପଣଙ୍କ ଏକୁଟିଆପଣ ଦୂର କରିବା ପାଇଁ ଗ୍ରାହକଙ୍କ ଇଚ୍ଛା ମୁତାବକ ପୁରୁଷ କିମ୍ବା ସ୍ତ୍ରୀ ବନ୍ଧୁ ମଧ ଉପଲବ୍ଧ କରେଇଥାଏ ।

# ମୋଗଲ ଯୁଗର ଘଣ୍ଟେୱାଲା ଦୋକାନ

ଦିଲ୍ଲୀର ଚାନ୍ଦିନି ଚୌକ ସ୍ଥିତ ୨୨୫ବର୍ଷ ପୁରୁଣା ମିଠା ଦୋକାନ ଘଣ୍ଟେୱାଲାକୁ କ୍ରୟ କରିବା ପାଇଁ ଆରମ୍ଭ ହୋଇଯାଇଛି ପ୍ରତିଯୋଗିତା। ଏଥିପାଇଁ କିଛି ବ୍ୟବସାୟ ୧୦କୋଟି ଟଙ୍କାର ଅଫର ଦେଇଥିଲା ବେଳେ ଦୋକାନର ମାଲିକ ୧୦୦କୋଟିରୁ ଅଧିକ ଦାବି କରୁଥିବା କୁହାଯାଉଛି। ୧୭୯୦ ମସିହାରେ ମୋଗଲ ଶାସନ ସମୟରେ ଏହି ମିଠା ଦୋକାନର ଆରମ୍ଭ ହୋଇଥିଲା। ମିଠା ଏବଂ ନମକିନ ପାଇଁ ଏହି ଦୋକାନର ଖ୍ୟାତି ଖାଲି ଦିଲ୍ଲୀ ନୁହେଁ ଦେଶ ବାହାରେ ମଧ୍ୟ ରହିଛି। ତେବେ ବର୍ତ୍ତମାନର ଦୋକାନ ମାଲିକ ସୁଶାନ୍ତ ଜୈନ ଏହି ଦୋକାନକୁ କିଛି ଦିନ ହେବ ବନ୍ଦ କରିଛନ୍ତି। ତାଙ୍କ ଯୁକ୍ତି ହେଉଛି ଯେ, କ୍ୱାଲିଟ କଣ୍ଟ୍ରୋଲ ବିଭାଗର ଚାପ ଯୋଗୁ ଦୋକାନ ଚଳାଇବା କଷ୍ଟ ହେଉଛି। ଏଥିସହ ଦୋକାନ ବନ୍ଦ କରିବାର ଅନ୍ୟ କାରଣ ମଧ୍ୟ ରହିଛି। ଦୋକାନ ବନ୍ଦ କାରଣରୁ ପୁରୁଣା ଦିଲ୍ଲୀର ଲୋକମାନଙ୍କ ମଧ୍ୟରେ ନିରାଶା ଭାବ ଦେଖାଦେଇଛି। ଦୋକାନ ବିକ୍ରି ହେବାର ଚର୍ଚ୍ଚା ଯୋର ଧରିଥିବାରୁ ବହୁ ଦୋକାନି ଦୋକାନ କିଣିବା ପାଇଁ ଆଗ୍ରହ ପ୍ରକାଶ କରିଛନ୍ତି। ଏଥିପାଇଁ ୧୦କୋଟିରୁ ଅଧିକ ଟଙ୍କାର ଅଫର ମଧ୍ୟ ସେମାନେ ଦେଲେଣି।

# କର୍କଟ ରୋଗୀଙ୍କୁ କେଶ ଦାନ

ମୁମ୍ବାଇର ପ୍ରାୟ ୫୨ ଯୁବତୀ ସେମାନଙ୍କର କେଶ କର୍କଟ ଗୋଗୀଙ୍କର କେଶ କର୍କଟ ଗୋଗୀଙ୍କୁ ଦାନ କରିଛନ୍ତି । କର୍କଟ ରୋଗୀଙ୍କ ମନୋବଳ ବଢାଇବା ପାଇଁ ସ୍ଥାନୀୟ ପେଦାର୍ ରୋଡ଼ ସ୍ଥିତ ଯଶଲୋକ ଡାକ୍ତରଖାନା ପକ୍ଷରୁ ଏହି ପଦକ୍ଷେପ ନିଆଯାଇଛି । କର୍କଟ ପୀଡ଼ିତମାନେ ହଠାତ୍ ନିଜର ଶାରୀରିକ ପରିବର୍ତ୍ତନକୁ ଗ୍ରହଣ କରିପାରନ୍ତି ନାହିଁ । ଫଳରେମାନସିକ ଦୁଶ୍ଚିନ୍ତା ଓ ଅବସାଦର ଶିକାର ହୁଅନ୍ତି । ଡାକ୍ତରଖାନା ସହ ହେୟାର୍ ଷ୍ଟାଇଲିଶ ସପ୍ନା ଭବାନାନୀ ସାମିଲ ହୋଇଛନ୍ତି । କେଶ ଦାତାଙ୍କୁ ସେ ନୂଆ ଲୁକ୍ ଦେଇଛନ୍ତି । ଦାନ କରାଯାଇଥିବା କେଶକୁ କର୍କଟ ରୋଗୀଙ୍କ କଲ୍ୟାଣ ପାଇଁ କାର୍ଯ୍ୟରତ ଏକ ଏନ୍‌ଜିଓରେ ପ୍ରଦାନ କରାଯାଇଛି । ଏହା କେଶରେ ୱିଗ୍ ତିଆରି କରି କର୍କଟ



ରୋଗୀଙ୍କୁ ଦିଆଯିବ । କେଶ ଦାନ କରିଥିବା ୨୧ ବର୍ଷୀୟ ସ୍ନେହ ଶେଟ୍ଟୀ କହନ୍ତି ମୋ କେଶ ପାଇଥିବା ମହିଳା ଏବେ ଖୁସି ହୋଇପାରିବେ ଏବଂ ପୂର୍ବ ଭଳି ପୁଣି ଥରେ ସୌନ୍ଦର୍ଯ୍ୟ ଫେରିପାଇଥିବେ ।

# ୬ବର୍ଷ ବୟସରୁ ଦିଆଯାଏ ଶାରିରୀକ ସମ୍ପର୍କ ରଖିବାର ଶିକ୍ଷା

ପାପୁଆ ନ୍ୟୁ ଗିନି ସାଧାରଣତଃ ୬/୭ବର୍ଷ ବୟସର ଶିଶୁମାନେ ନିଜକୁ ପାଠ ପଢା ଓ ଖେଳ କୁଦରେ ମସଗୁଲ ରଖିଥାନ୍ତି। ହେଲେ ଏପରି ଏକ ଜନଜାତି ଆଜି ବି ପୃଥିବୀ ପୃଷ୍ଠରେ ବାସ କରୁଛନ୍ତି ଯେଉଁମାନେ ସେମାନଙ୍କର ପିଲାମାନଙ୍କୁ ୬ବର୍ଷ ବୟସରୁ ଶାରିରୀକ ସମ୍ପର୍କ ରକ୍ଷା କରିବାର ଶିକ୍ଷା ପ୍ରଦାନ କରିଥାନ୍ତି। ଏହି ଜନଜାତି ହେଉଛନ୍ତି ପାପୁଆ ନ୍ୟୁ ଗିନିରେ ରହୁଥିବା ଟ୍ରୋବ୍ରିଆଣ୍ଡ। ୬ବର୍ଷ ବୟସରୁ ସେମାନଙ୍କୁ ଏହି ଶିକ୍ଷା ଦେବାପରେ ୧୦ବର୍ଷ ବୟସରୁ ସେମାନଙ୍କୁ ବିବାହ ବନ୍ଧନରେ ବାନ୍ଧିଥାନ୍ତି। ଏହି ଜନଜାତିର ଅଭିଭାବକମାନେ ସେମାନଙ୍କର ଶିଶୁମାନଙ୍କୁ କିପରି ଶାରିରୀକ ସମ୍ପର୍କ ରକ୍ଷା କରାଯିବ ତା’ର ପ୍ରଶିକ୍ଷଣ ଦିଅନ୍ତି। ପୁଅ ଓ ଝିଅ ମନୋନୀତ କରିବା ଏହ ଉଭୟ ପରିବାରର ସହମତିରେ ହିଁ ହୋଇଥାଏ। ସାଧାରଣତଃ ଯେଉଁ ପୁଅ ଝିଅଙ୍କ ମଧ୍ୟରେ ଶାରିରୀକ ସମ୍ପର୍କ ପାଇଁ ଅଭିଭାବକମାନେ ସହଯୋଗ ଯୋଗାଇଥାନ୍ତି ସେମାନଙ୍କ ମଧ୍ୟରେ ହିଁ ହୁଏ ବିବାହ। ଅନେକ ବର୍ଷ କାଳରୁ ଏହି ପରମ୍ପରା ଚାଲିଆସୁଛି। ସେହିପରି ଜନଜାତିର ଅନେକ ଅଜବ ନିୟମ ଆଜି ବି ରହିଛି। ଯେଉଁ କାରଣରୁ ଏହି ଆଇଲାଣ୍ଡରେ ରହୁଥିବ ଜନଜାତିଙ୍କୁ ନ୍ତର୍ଫ୍ରି ଲଭ କମ୍ୟୁନିଟଓ’ କୁହାଯାଏ। ବର୍ତ୍ତମାନ ଏହି ଜନଜାତିଙ୍କ ସଂଖ୍ୟା ୧୨ହଜାର ଥିଲ ବେଳେ ବାହାର ଦୁନିଆ ସହ ସେମାନଙ୍କ ଯୋଗାଯୋଗ ଆଦୌ ନାହିଁ କହିଲେ ଚଳେ।




# ସଂରକ୍ଷିତ ଜଙ୍ଗଲରୁ ଟ୍ରାକ୍ଟର ଜବତ୍ କରି ବନବିଭାଗ ଛାଡିଦେଲା

କେନ୍ଦୁଝର(ପିଏନ)- କେନ୍ଦୁଝର ସଦର ରେଞ୍ଜ ନେଲୁଙ୍ଗ ସଂରକ୍ଷିତ ଜଙ୍ଗଲ ଅନ୍ତର୍ଗତ ଭାଲଘର ନାଳରୁ ବେଆଇନଭାବେ ବାଲି ଲୋଡ କରୁଥିବା ଏକ ଟ୍ରାକ୍ଟରକୁ ବନ ବିଭାଗ ଜବତ୍ କରି ପରେ ଛାଡି ଦେବା ଚର୍ଚ୍ଚାର ବିଷୟ ହୋଇଛି । ଟାଉନ ଫରେଷ୍ଟ ସେକ୍ସନ ଅନ୍ତର୍ଗତ ସଂରକ୍ଷିତ ଜଙ୍ଗଲ ଭିତରେ ଥିବା ଭାଲୁଘର ନାଳରୁ ଗୁରୁବାର ଅପରାହ୍ନରେ ବାଲି ଚୋରୀ ହେଉଥିବା ଖବର ପାଇ ସଦର ରେଞ୍ଜର ଅରବିନ୍ଦ ନାୟକ, ଟାଉନ ଫରେଷ୍ଟର ଭୂପତି ସେଠୀ, ବେଲଦା ଫରେଷ୍ଟ ଗାର୍ଡ ମିତ୍ରଭାନୁ ନାୟକ ଅନ୍ୟ ବନ କର୍ମଚାରୀଙ୍କ ସହ ଘଟଣାସ୍ଥଳକୁ ଯାଇ ବାଲି ବୋଝେଇ ଟ୍ରାକ୍ଟର ଗାଡି ଜବତ୍ କରିଥିଲେ । ପରେ ଜବତ୍ ଟ୍ରାକ୍ଟରକୁ ନରଣପୁର ଫରେଷ୍ଟ ଡିପୋରେ ରଖାଯାଇଥିଲା । ତେବେ ଶନିବାର ଦିନ ଭୋର ସମୟରେ ବନ କର୍ମଚାରୀ ଏବଂ ମାଫିଆ ମଧ୍ୟରେ ମୂଲଚାଲ ହେବା ପରେ ଉକ୍ତ ଗାଡିକୁ ଛାଡି ଦିଆଯାଇଥିବା ଅଭିଯୋଗ ହୋଇଛି । ନରଣପୁର ଫରେଷ୍ଟ ଡିପୋ ଭିତରେ ଥିବା ଟ୍ରାକ୍ଟର ଜବତ୍ ସମୟରେ ରେଜିଷ୍ଟ୍ରର ରେ ଲେଖା ଯାଇନଥିବାବେଳେ ସିଜର ଲିଷ୍ଟ କରାଯାଇନାହିଁ । ତେବେ ବିନା ଜିମାନାମରେ ଗାଡି କିପରି ଛଡା କିପରି ଛଡାଗଲା ତାହାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି । ଏ ନେଇ ଏସିଏଫ ଘନଶ୍ୟାମ ମହାନ୍ତଙ୍କ ସହ ଯୋଗଯୋଗ କରିବାରୁ ଗାଡି ଜବତ୍ ସମୟରେ ମୋତେ ଅବଗତ କରିନଥିବା କହିଛନ୍ତି । ଡିଏଫଓ ସ୍ୱୟମ ମଲ୍ଲିକଙ୍କ ସହ ଯୋଗାଯୋଗ କରିବାରୁ ଘଟଣାର ତଦନ୍ତ ପରେ ପଦକ୍ଷେପ ନିଆଯିବ । ସଦର ରେଞ୍ଜର ଅରବିନ୍ଦ ନାୟକଙ୍କ ସହ ଯୋଗଯୋଗ କରିବାରୁ ଜବତ୍ ଗାଡିର କାଗଜପତ୍ର ଯାଂଚ ପରେ ଛାଡି ଦିଆଯାଇଥିବା ପ୍ରକାଶ କରିଛନ୍ତି । ନେଲୁଙ୍ଗ ସଂରକ୍ଷିତ ଜଙ୍ଗଲ ଏବଂ ମଇଦାନକେଲ, ରଘୁନାଥପୁର ଏବଂ ନରଣପୁର ସଂରକ୍ଷିତ ଜଙ୍ଗଲରୁ ଲଘୁ ଖଣିଜ ସମ୍ପଦ ଅବାଧରେ ଚୋରୀ ହେଉଥିଲେ ହେଁ ବନ ବିଭାଗ ଜାଣି ଚୁପ ରହୁଥିବା ଅଭିଯୋଗ ହୋଇଛି । ସଂରକ୍ଷିତ ଜଙ୍ଗଲ ଭିତରେ ରାସ୍ତା କରି ମାଫିଆମାନେ ଜଙ୍ଗଲ ଧ୍ୱଂସ କରି ବାଲି, ପଥର, ମୋରମ ଚୋରୀ କରୁଥିବାବେଳେ ବନ ବିଭାଗ ନୀରବଦ୍ରଷ୍ଟା ରହୁଛି । ଏପରିକି ଉପରସ୍ଥ ଅଧିକାରୀ ନିୟମିତ ସଂରକ୍ଷିତ ଜଙ୍ଗଲ ପରିଦର୍ଶନରେ ଯାଉନଥିବାରୁ ଏହାର ସୁଯୋଗରେ ତଳତଳିଆ କର୍ମଚାରୀ ମାଫିଆଙ୍କ ସଲାସୁତୁରାରେ ଲଘୁ ଖଣିଜ ସମ୍ପଦ ଲୁଟ କାର୍ଯ୍ୟକୁ ପ୍ରୋତ୍ସାହନ କରୁଛନ୍ତି ।

# ମଧୁଶାସନ ଗ୍ରାମର ଶ୍ରୀଦଧିବାବନଜୀଉଙ୍କ ସ୍ଥାବର, ଅସ୍ଥାବର ସମ୍ପତ୍ତି ହଡପ ଓ ଅର୍ଥ ଆତ୍ମସାତ ଅଭିଯୋଗ

କେନ୍ଦ୍ରାପଡା, (ପିଏନ)- ଜିଲ୍ଲାର ପାଟକୁରା ଥାନା ଅନ୍ତର୍ଗତ ମଧୁଶାସନ ଗ୍ରାମର ଅଧିଷ୍ଠାତା ଶ୍ରୀ ଦଧିବାବନଜୀଉଙ୍କ ସ୍ଥାବର ଓ ଅସ୍ଥାବର ସମ୍ପତ୍ତି ହଡପ କରାଯିବା ସହ ଅର୍ଥ ଆତ୍ମସାତ କରାଯାଇଥିବା ମଧୁଶାସନ ଗ୍ରାମପଂଚାୟତର ଅଧିବାସୀମାନେ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି । ଅଭିଯୋଗରୁ ପ୍ରକାଶ ଯେ ମଧୁଶାସନ ଗ୍ରାମର ଦୁର୍ଗା ପ୍ରସାଦ ଦାସ ନାମକ ଜନୈକ ବ୍ୟକ୍ତି ଚଂଚକତା କରି ଦେବୋତ୍ତର ବିଭାଗର କେତେକ ଅସାଧୁ କର୍ମଚାରୀଙ୍କୁ ହାତକରି ମଧୁଶାସନ ଗ୍ରାମର ଆରାଧ୍ୟ ଦେବତା ଶ୍ରୀ ଦଧିବାବନଜୀଉଙ୍କ ମନ୍ଦିର ପରିଚାଳନା ପାଇଁ ଏକ ଟ୍ରଷ୍ଟବୋର୍ଡ ଗଠନ କରି ନିଜେ ସେହି ବୋର୍ଡର ସଭାପତି ଭାବେ ପ୍ରାୟ ବର୍ଷକରୁ ଉର୍ଦ୍ଧ୍ୱ ହେବ ରହିଛନ୍ତି । ସେ ଶ୍ରୀଜୀଉଙ୍କ ସ୍ଥାବର ଓ ଅସ୍ଥାବର ସମ୍ପତ୍ତିକୁ ନିଜେ ଓ ନିଜର କିଛି ଅନ୍ଧ ସମର୍ଥକଙ୍କ ସହାୟତାରେ ହଡପ କରିବା ସହିତ ଶ୍ରୀଜୀଉଙ୍କ ଅର୍ଥ ଆତ୍ମସାତ କରୁଥିବା ଅଭିଯୋଗ ହୋଇଛି । ଶ୍ରୀଜୀଉଙ୍କ ପାଇଁ ବିଭିନ୍ନ ସମୟରେ ଦାତାମାନେ ଦାନ କରୁଥିବା ଅର୍ଥକୁ ମଧ୍ୟ ଆତ୍ମସାତ କରାଯାଉଥିବା ଅଭିଯୋଗ ହୋଇଛି । ଏପରିକି ଟ୍ରଷ୍ଟବୋର୍ଡରେ ଗରଦପୁର ଶ୍ରୀଜୀଉଙ୍କ ନାମରେ ଥିବା ସମ୍ପତି ମଧୁଶାସନ ମୌଜାର ଖାତା ନମ୍ବର - ୪୨୨, ପ୍ଲଟ ନମ୍ବର ୩୫୮୩ ଉପରେ ଥିବା ମୂଲ୍ୟବାନ ଶାଗୁଆନ ଗଛ ୩ଟିକୁ ରାତାରାତି କାଟି ବିକ୍ରୀ କରିବା ସହ ଖାତା ନମ୍ବର ୧୨୯୯, ପ୍ଲଟ ନମ୍ବର ୫୩୧୫ ଓ ୫୩୧୬/୫୫୯୨ ଉପରୁ ବହୁ ଦିନର ମୂଲ୍ୟବାନ ୧୦ଟି ତାଳଗଛକୁ କାଟି ବିକ୍ରୀ କରିଦେଇଥିବା ଅଭିଯୋଗ ହୋଇଛି । ସେହି ଗଛ ସବୁର ମୂଲ୍ୟ ଆନୁମାନିକ ପ୍ରାୟ ଏକଲକ୍ଷ ଟଙ୍କାରୁ ଉର୍ଦ୍ଧ୍ୱ ହେବ । ଅଭିଯୋଗକାରୀମାନେ ଏସମ୍ପର୍କରେ ଟ୍ରଷ୍ଟର ସଭାପତି ଶ୍ରୀ ଦାସଙ୍କୁ ପଚାରିବାରେ ଶ୍ରୀ ଦାସ ସେମାନଙ୍କୁ ଗୁଣ୍ଡା ଲଗାଇ ଧମକଚମକ ଦେବା ସହ ଜୀବନରୁ ମାରିଦେବାକୁ ଧମକପୂର୍ଣ୍ଣ ବାଣୀ ଶୁଣାଇଥିବା ଅଭିଯୋଗ ହୋଇଛି । ଏଥିସହିତ କେତେକ ଉଚ୍ଚପଦସ୍ଥ ସରକାରୀ ଅଧିକାରୀଙ୍କୁ ମିଛ କହି ଅଭିଯୋଗକାରୀମାନଙ୍କ ନାମରେ ଥାନାରେ ମିଥ୍ୟା ମାମଲା କରିବା ସହ ବିଭିନ୍ନ ମିଥ୍ୟା କେଶକରି ନାନା ପ୍ରକାର ଅସୁବିଧାରେ ପକାଉଥିବା ମଧ୍ୟ ଅଭିଯୋଗ ହୋଇଛି । ସେହି ଟ୍ରଷ୍ଟବୋର୍ଡରେ ଗରଦପୁର ତହସିଲଦାର ଓ ପାଟକୁରା ଥାନାର ଭାରପ୍ରାପ୍ତ ଇନିସପେକ୍ଟରଙ୍କୁ ସଦସ୍ୟ ଭାବରେ ରଖାଯାଇଥିବା ବେଳେ ଅଭିଯୋଗକାରୀଙ୍କ ପରିବାରର ୨/୩ଜଣଙ୍କ ନାମରେ ମିଥ୍ୟା ମାମଲା କରାଯାଉଥିବା ସହ ସେହି ପରିବାରର ମହିଳାମାନଙ୍କ ପ୍ରତି ଅସଦାଚରଣ କରିବାକୁ ମଧ୍ୟ ଟ୍ରଷ୍ଟର ସଭାପତି ପଛାଉନଥିବା ଅଭିଯୋଗ ହୋଇଛି । ସଂପୃକ୍ତ ସଭାପତି ଭୁବନେଶ୍ୱରରେ ରହୁଥିବା ବେଳେ ଗ୍ରାମର ଅଧିକାଂଶ ଲୋକଙ୍କୁ ବିଭିନ୍ନ ମାଲିମକଦ୍ଦମାରେ ଛନ୍ଦି ହଇରାଣ କରିବା ସହ ଶ୍ରୀଜୀଉଙ୍କ ସମ୍ପତ୍ତି କୁ ହଡପ କରିବା ଓ ଅର୍ଥକୁ ଆତ୍ମସାତ କରୁଥିବା ଯୋଗୁଁ ଶ୍ରୀଜୀଉଙ୍କ ଦୈନନ୍ଦିନ ନୀତିକାନ୍ତିରେ ଘୋର ବାଧା ସୃଷ୍ଟି ହେଉଥିବା ଅଭିଯୋଗ ହୋଇଛି । ଏସମ୍ପର୍କରେ ବିଧିବଦ୍ଧ ତଦନ୍ତ କରାଯାଇ ଦୋଷୀ ବିରୋଧରେ ଦୃଢ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବାକୁ ଅସିତ କୁମାର ମହାନ୍ତି, ତାରକେଶ୍ୱର ତ୍ରିପାଠୀ, ପ୍ରମୋଦ କୁମାର ସାହୁ, ଚିତରଞ୍ଜନ ବାରିକ, ନିରଞ୍ଜନ ପଣ୍ଡା, ଭବାନିଶ ପଣ୍ଡା ପ୍ରମୁଖ ଅଭିଯୋଗକାରୀମାନେ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି ।

# ଖଣିରେ ସ୍ଥାନୀୟ ନିଯୁକ୍ତି ନେଇ ଶ୍ରମିକଙ୍କ ଧରଣା





ଯୋଡା,(ପିଏନ)- କେନ୍ଦୁଝର ଜିଲ୍ଲା ଯୋଡା ଖଣିମଣ୍ଡଳ ଅନ୍ତର୍ଗତ ବଳଦା ଗ୍ରାମପଞ୍ଚାୟତର ସିଲ୍‌ଯୋଡା ସ୍ଥିତ କାସଭି ଇନ୍‌ଟରନ୍ୟାସନାଲ ପ୍ରାଇଭେଟ୍ ଲିମିଟେଡ ଖଣିରେ ବିଭିନ୍ନ ଦାବି କରି ଗ୍ରାମବାସୀ ମାନେ ମଙ୍ଗଳବାର ପୂର୍ବାହ୍ନରେ ଖଣି ଲିଜ ପରିସରରେ ଧାରଣା ଦେଇଥିବା ଜଣାପଡିଛି । ବିର୍ସାମୁଣ୍ଡା ଲେବର କନ୍‌ଟ୍ରାକ୍ଟ ଓ ଆଦିବାସୀ କଲ୍ୟାଣ ସମିତି ପକ୍ଷରୁ ଏହି ଧାରଣା ଦିଆଯାଇଥିବା ଖବର ମିଳିଛି । ପ୍ରଶାସନକୁ ଜଣାଇ କୋଭିଡ୍ ନିୟମକୁ ପାଳନ କରି ଖଣି ପ୍ରଭାବିତ ସିଲଯୋଡା, ଗୁରୁଡା, ତାଟପାଣି ପ୍ରଭୃତି ଗ୍ରାମର ଗ୍ରାମବାସୀ ମାନେ ବିଭିନ୍ନ ଦାବି କରି କାସଭି ଖଣି ପରିସରରେ ଧାରଣାରେ ବସିଛନ୍ତି । ପୂର୍ବରୁ ଏହି ଖଣିଟି ମାଙ୍ଗିଲାଲ ରୁଙ୍ଗଟାର ସିଲିଯୋଡା କାଳିମାଟି ଅଧୀନରେ ଥିଲା । ନିଲାମ ପ୍ରକ୍ରିୟାରେ ଅଧିକ ମୂଲ୍ୟ ଦେଇ କାସଭି ଇନଟରନ୍ୟାସନାଲ ପ୍ରାଇଭେଟ ଲିମିଟେଡ ଖଣି ହାତେଇବା ପରେ ପୂର୍ବରୁ ଖଣିରେ କାର୍ଯ୍ୟ କରୁଥିବା ଶ୍ରମିକ ମାନଙ୍କୁ ଓ ଅନ୍ୟାନ୍ୟ ଅଧିକାରୀ ମାନଙ୍କୁ ପୁନଃ ନିଯୁକ୍ତି ଦିଆଯାଇନଥିବାରୁ ଗ୍ରାମବାସୀ ମାନଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି । ଯୋଗ୍ୟତା ଥାଇ ମଧ ସ୍ଥାନୀୟ ଲୋକଙ୍କୁ ସାମାନ୍ୟ ସୁରକ୍ଷା କର୍ମୀ ଚାକିରୀ ମଧ ଦିଆଯାଉନାହିଁ । ଏହି ଖଣିରେ ନିଯୁକ୍ତିକୁ କେନ୍ଦ୍ର କରି ଗତ ସେପ୍ଟେମ୍ବର ମାସ ୨୫ ତାରିଖରେ ଏକ ହିଂସାତ୍ମକ ଆକ୍ରମଣ ଘଟଣା ଘଟିଥିଲା । ଖଣିର ଖଣି ସପକ୍ଷ ବାଦୀ ମାନେ ଏହି ଆକ୍ରମଣ ଭିଆଇଥିବା ଗ୍ରାମବାସୀ ସୁଶାନ୍ତ ଖିଲାର, ସୁବିଦାର ଗାଗରାଇ, ଯୋସେ' ବେଙ୍ଗରା, ବିକାଶ ମହାକୁଡ ପ୍ରମୁଖ ଅଭିଯୋଗ କରିଛନ୍ତି । ସ୍ଥାନୀୟ ମହିଳା ମିନା କୁମାରୀ ସିଂ, ମୁସକୁନି ସଏ, ସରସ୍ୱତୀ ପିଙ୍ଗୁଆ, ସୁମିତ୍ରା ଗଇପାଇ, ସଙ୍ଗିତା ପିଙ୍ଗୁଆ, ଚାମାନୁ ଲାକ୍ରା, ଡାଳିମ୍ବ ଗାଗରାଇ, ରିଙ୍ଗି ହେମ୍ବ୍ରମ ପ୍ରମୁଖ ଲୁହ ଓ କୋହଭରା କଣ୍ଠରେ କହିଛନ୍ତି ଯେ ଦୀର୍ଘ ୬ ରୁ ୭ ମାସ ହେଲାଣି ଖଣିରେ ନିଯୁକ୍ତି ନପାଇ ଭୋକ ଉପାସରେ ଦିନ କାଟୁଛନ୍ତି । ସ୍ଥାନୀୟ କାସଭି ଖଣି କମ୍ପାନୀ ଶ୍ରମିକ ମାନଙ୍କୁ ପୁନଃ ନିଯୁକ୍ତି ଦେଉନଥିବାରୁ ବେରୋଜଗାର ନିରାଶ ହୋଇ ଘରେ ରହିଛନ୍ତି । ଖଣିରେ କାର୍ଯ୍ୟ କରି ଜିବୀକା ନିର୍ବାହ କରୁଥିବାରୁ ବର୍ତ୍ତମାନ କାର୍ଯ୍ୟହରା ହୋଇ ବିଭିନ୍ନ ସମସ୍ୟାର ସମ୍ମୁଖୀନ ହେଉଥିବା କହିଛନ୍ତି । ଗ୍ରାମର ନରେନ୍ଦ୍ର କୁମାର ପାତ୍ର ତାଙ୍କ ଅଭିଯୋଗରେ କହିଛନ୍ତି ଯେ, ସିଲଯୋଡା-କାଳିମାଟି ମାଙ୍ଗାନିଜ୍ ଆଇରନ୍ ମାଇନ୍ସ ଦୁଇଟି ଗ୍ରାମପଞ୍ଚାୟତ ନାମରେ ହୋଇଅଛି । ହେଲେ ଏହି ଦୁଇଟି ପଞ୍ଚାୟତ ବାସୀଙ୍କୁ କୌଣସି ସୁବିଧା ସୁଯୋଗ ମିଳିପାରୁନାହିଁ । ଆଦିବାସୀ କଲ୍ୟାଣ ସମିତିର ସଭାପତି ବିଦ୍ୟାସାଗର ରଣା, ସମ୍ପାଦକ ଭିମ ପିଙ୍ଗୁଆ କହିଛନ୍ତି ଯେ ଜିଲ୍ଲାପାଳ ଓ ଏସ୍‌ପିଙ୍କ ଠାରେ ଏ ସଂକ୍ରାନ୍ତରେ ଅଭିଯୋଗ କରାଯାଇଛି । ଜଙ୍ଗଲ ନେଲ, ଜମି ନେଲ, ପାଣି ନେଲ, ଆଦିବାସୀଙ୍କର ମୌଳିକ ସୁବିଧାରୁ କାସଭି ଖଣି କମ୍ପାନି ବଞ୍ଚିତ କଲ ଯଦି ଦମ୍ ନାହିଁ ତେବେ ସରକାରଙ୍କ ଠାରୁ ଖଣି ନେଲ କାହିଁକି ବୋଲି ଆଦିବାସୀ ନେତା ସେଲେଇ ତିରିଆ ପ୍ରକାଶ କରିଥିଲେ । ସେଠାରେ ଉପସ୍ଥିତ ଥିବା ଆଦିବାସୀ ଶ୍ରମିକ ନେତା ମାନେ କହିଥିଲେ ଯେ ଦାବି ପୂରଣ ନହେଲେ ଅନିର୍ଦ୍ଦିଷ୍ଟ କାଳ ପର୍ଯ୍ୟନ୍ତ ଧାରଣା ଜାରି ରହିବ ।

# ପାରାଦୀପ ବନ୍ଦର ପକ୍ଷରୁ ମିଳିତ ମେଗା ମକ୍ ଡ୍ରିଲ୍

ପାରାଦୀପ,(ପି.ଏନ): ପାରାଦୀପ ବନ୍ଦର ପ୍ରଶାସନ ପକ୍ଷରୁ ମଙ୍ଗଳବାର ଦିନ ମିଳିତ ମେଗା ମକ୍ ଡ୍ରିଲ୍ ଆୟୋଜିତ ହୋଇଯାଇଛି । ପାରାଦୀପ ବନ୍ଦର ସିଆଇଏସଏଫ୍ ପକ୍ଷରୁ ପାରାଦୀପ ମୁଖ୍ୟ ଅଗ୍ନି ନିର୍ବାପନ କେନ୍ଦ୍ରଠାରେ ଆୟୋଜିତ ମକ୍ ଡ୍ରିଲରେ ପାରାଦୀପ ବନ୍ଦର ସମେତ ଜିଲ୍ଲା ପ୍ରଶାସନ, ଏନଡିଆରଏଫ୍ ମୁଣ୍ଡୁଳିର ଅଧିକାରୀ ଓ କର୍ମଚାରୀମାନେ ସାମିଲ ହୋଇଥିଲେ । ଏହି ମକ୍ ଡ୍ରିଲ୍ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ପାରାଦୀପ ବନ୍ଦର ଅଧକ୍ଷ ପି.ଏଲ୍.ହରନାଦ, ସମ୍ମାନୀତ ଅତିଥି ଭାବେ ଉପାଧକ୍ଷ ନିଲଭ୍ର ଦାସଗୁପ୍ତା ଏହି ସାଇଟ୍ ଲେଭଲ-୩ରେ ଯୋଗ ଦେଇଥିଲେ । ମେରାଇନ୍ ସାଇଟ୍ ଅଫିସ୍‌ରେ ଏକ ଭଙ୍ଗା ଗୃହ ମଧ୍ୟରୁ ବାତ୍ୟାରେ ଫସି ରହିଥିବା ବ୍ୟକ୍ତିଙ୍କୁ କିପରି ଉଦ୍ଧାର କରାଯାଇ ପାରିବ ତାହାର ନମୁନା ପ୍ରଦର୍ଶିତ ହୋଇଥିଲା । ଏହା ପରେ ରୋଷେଇ ଗ୍ୟାସ ଦୁର୍ଘଟଣାରୁ କିପରି ପ୍ରଶମନ କରାଯାଇ ପାରିବ ସେ ସମ୍ପର୍କରେ ମକ୍ ଡ୍ରିଲ୍ ପ୍ରଦର୍ଶନ କରାଯାଇଥିଲା । ପାରାଦୀପ ବନ୍ଦର ସମେତ ସହଯୋଗୀ ସଂସ୍ଥାର ଅଗ୍ନି ନିର୍ବାପନ କେନ୍ଦ୍ରର କର୍ମଚାରୀମାନେ ଏହି ମକ୍ ଡ୍ରିଲ୍‌ରେ ସାମିଲ ହୋଇଥିଲେ । ଏନଡିଆରଏଫ୍ ୩ୟ ବାଟାଲିୟାନ ମୁଣ୍ଡୁଳିର ଆସିଷ୍ଟାଣ୍ଡ କମାଣ୍ଡର ଗୌରବ ଜଗନାନୀ ମକ୍ ଡ୍ରିଲ୍ ସମ୍ପର୍କରେ ସବିଶେଷ ସୂଚନା ଦେଇଥିଲେ । ଶେଷରେ ବନ୍ଦର ଅଧକ୍ଷ ଶ୍ରୀ ହରନାଦ ସମସ୍ତ ସହଯୋଗୀ ସଂସ୍ଥାମାନଙ୍କୁ ଧନ୍ୟବାଦ ଜଣାଇଥିଲେ ।

# ଅଜଣା ଗାଡି ଧକ୍କାରେ ଜଣେ ମୃତ, ୨ ଗୁରୁତର

ହରିଚନ୍ଦନପୁର(ପିଏନ)- ହରିଚନ୍ଦନପୁର ଥାନା ଅନ୍ତର୍ଗତ ଖଡିବାହାଳି ଛକ ନିକଟରେ ଏକ ଅଜଣା ଗାଡି ଧକ୍କାରେ ଜଣେ ମୃତ ହୋଇଥିବା ବେଳେ ୨ଜଣ ଗୁରୁତର ଆହତ ହୋଇଛନ୍ତି ଏବଂ ଜଣେ ସାମାନ୍ୟ ଆହତ ହୋଇଛନ୍ତି । ମିଳିଥିବା ସୂଚନା ଅନୁଯାୟୀ ଯାଜପୁର ଜିଲ୍ଲା କାଳିଆପାଣି ଗ୍ରାମର ସୁଦର୍ଶନ ମହାକୁଡ(୩୮) ସ୍ତ୍ରୀ ଓ ୨ପିଲାଙ୍କ ସହ ମୟୁରଭଞ୍ଜ ଜିଲ୍ଲା ଶ୍ୱଶୁର ଘରକୁ ବୁଲିବାକୁ ଆସିଥିଲେ । ଆଜି ନିଜ ଗ୍ରାମ କାଳିଆପାଣିକୁ ଫେରୁଥିବା ବେଳେ ହରିଚନ୍ଦନପୁର ଥାନା ଖଡିବାହାଳି ଛକ ନିକଟରେ ଏକ ଅଜଣା ଗାଡି ତାଙ୍କୁ ଧକ୍କା ଦେଇଥିଲା । ଫଳରେ ସୁଦର୍ଶନ ମହାକୁଡଙ୍କ ଘଟଣାସ୍ଥଳରେ ହିଁ ମୃତ୍ୟୁ ଘଟିଥିଲା । ସ୍ତ୍ରୀ ରାଇମଣି ମହାକୁଡ (୩୬), ସାନପୁଅ ଚିନ୍ମୟ (୬) ଗୁରୁତର ଆହତ ହୋଇଥିବା ବେଳେ ବଡପୁଅ ରାହୁଲ (୮) ସାମାନ୍ୟ ଆହତ ହୋଇଥିବା ଜଣାପଡିଛି । ଆହତ ମାନଙ୍କୁ ଆମ୍ବୁଲାନ୍ସ ଯୋଗେ ହରିଚନ୍ଦନପୁର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା

# ଦରଡିପାଳରେ ଶତାୟୁ ମହିଳାଙ୍କ ପରଲୋକ

ଘଷିପୁରା(ପିଏନ)- ଘଷିପୁରା ବ୍ଲକ ଦରଡିପାଳ ଗ୍ରାମରେ ସ୍ୱର୍ଗତ ନରସିହଂ ନାୟକଙ୍କ ଧର୍ମପତ୍ନୀ କ୍ଷେତ୍ରମଣୀ ନାୟକଙ୍କ ଆଜି ୧୦୫ ବର୍ଷ ବୟସରେ ପରଲୋକ ହୋଇଯାଇଛି । ତାଙ୍କର ମୃତ୍ୟୁ ଶଯ୍ୟା ନିକଟରେ ଦୁଇପୁଅ ଆନନ୍ଦ ଚନ୍ଦ୍ର ନାୟକ ଅବସରପ୍ରାପ୍ତ କୃଷି ପରିଦର୍ଶକ ଏବଂ ଦିବାକର ନାୟକ ଅବସରପ୍ରାପ୍ତ ବ୍ୟାଙ୍କ୍ ମ୍ୟାନେଜରଙ୍କ ସହିତ ସମସ୍ତ ନାତି ନାତୁଣୀ, ଅଣନାତି, ଅଣନାତୁଣୀ ଏବଂ ସାହିପଡିଶା ଉପସ୍ଥିତ ଥିବା ସହ ତାଙ୍କର ଶବ ସତ୍କାର କରାଯାଇଥିଲା । ବହୁ ମାନ୍ୟଗଣ୍ୟ ବ୍ୟକ୍ତି ତାଙ୍କର ଶେଷ ଦର୍ଶନ କରିଥିଲେ ।

# ଯୋଡା ପୌରାଞ୍ଚଳରେ ସେପ୍ଟେଜ ବିଶୋଧନାଗାରର ଭିତ୍ତିପ୍ରସ୍ତର ସ୍ଥାପନ




ଯୋଡା(ପିଏନ)- କେନ୍ଦୁଝର ଜିଲ୍ଲା ଯୋଡା ପୌରାଞ୍ଚଳର ୬ନଂ ୱାର୍ଡ ବାଚୁହାଟିଂ ଠାରେ ପୌରପାଳିକା ପକ୍ଷରୁ ୨୦କେଏଲଡି କ୍ଷମତା ବିଶିଷ୍ଟ ଏକ ସେପ୍ଟେଜ ଟ୍ରିଟମେଣ୍ଟ ପ୍ଲାଣ୍ଟର ଶୁଭ ଭିତ୍ତିପ୍ରସ୍ତର ସ୍ଥାପନ କରାଯାଇଛି । ଏହି ଟ୍ରିଟମେଣ୍ଟ ପ୍ଲାଣ୍ଟ ଯୋଡା ସହରର ସମସ୍ତ ଘରର ସେପ୍ଟି ଟ୍ୟାଙ୍କରୁ ନିଷ୍କାସିତ ମଇଳାକୁ ବିଶୋଧନ କରାଯାଇ ସ୍ୱଚ୍ଛ ଓ ସୁନ୍ଦର ପରିବେଶ ସୃଷ୍ଟି କରିବା ନିମନ୍ତେ ପୌରପାଳିକା ପକ୍ଷରୁ ଏହା କରାଯାଇଛି । ରାଜ୍ୟ ସରକାରଙ୍କ ଗୃହ ନିର୍ମାଣ ଓ ନଗର ଉନ୍ନୟନ ବିଭାଗ, ରାଜ୍ୟ ଜଳଯୋଗାଣ ବିଭାଗ ଏବଂ ସ୍ୱରେଜ ବୋର୍ଡ ଆନୁକୂଲ୍ୟରେ ଓଡିଶା କନଷ୍ଟ୍ରକସନ କମ୍ପାନୀ (ଓସିସି)କୁ ଟେଣ୍ଡର ମାଧମରେ ୨ କୋଟି ୬୪ ଲକ୍ଷ ୧୭ ହଜାର ଟଙ୍କା ବ୍ୟୟ ଅଟକଳରେ ୧୧ ମାସ ମଧରେ ସମ୍ପୂର୍ଣ୍ଣ କରିବା ପାଇଁ କାର୍ଯ୍ୟାଦେଶ ଦିଆଯାଇଛି । ଏହି ଭିତ୍ତିପ୍ରସ୍ତର ସ୍ଥାପନ ଉତ୍ସବରେ ମୁଖ୍ୟଅତିଥି ଭାବେ ନଗର ଉନ୍ନୟନ ବିଭାଗର ପ୍ରକଳ୍ପ ନିର୍ଦ୍ଦେଶକ ଘାସିରାମ ମୁର୍ମୁ ଯୋଗଦେଇ ଭିତ୍ତିପ୍ରସ୍ତର ସ୍ଥାପନ କରିଥିଲେ । ଏହି ପ୍ରକଳ୍ପ ହେବା ଦ୍ୱାରା ପୌରାଞ୍ଚଳର ସମସ୍ତ ୱାର୍ଡରେ ସେପ୍ଟି ଟାଙ୍କିର ମଇଳା ବିଶୋଧନ ହେବା ସହିତ ମାନ୍ୟବର ସର୍ବୋଚ୍ଚ ଅଦାଲତ ଓ ଜାତୀୟ ସବୁଜ ଟ୍ରିବ୍ୟୁନାଲଙ୍କ ଆଦେଶ ପାଳନ ହୋଇପାରିବ ବୋଲି ଯୋଡା ପୌରପାଳିକା କାର୍ଯ୍ୟ ନିର୍ବାହୀ ଅଧିକାରୀ ସୂର୍ଯ୍ୟମଣୀ ପାଟଯୋଶୀ ପ୍ରକାଶ କରିଥିଲେ । ଏହି ଭିତ୍ତିପ୍ରସ୍ତର ସ୍ଥାପନ ଉତ୍ସବରେ ଯୋଡା ପୌରପାଳିକାର ସମସ୍ତ ଅଧିକାରୀ, କର୍ମଚାରୀ, ସ୍ୱଚ୍ଛସାଥୀ ପ୍ରମୁଖ ଉପସ୍ଥିତ ଥିଲେ ।

# ଭୂମିହୀନଙ୍କୁ ଜାଗା ପ୍ରମାଣ ପତ୍ର ପ୍ରଦାନ




ଯୋଡା,(ପିଏନ)- କେନ୍ଦୁଝର ଜିଲ୍ଲା ଯୋଡା ପୌରପାଳିକାରେ ଜାଗାମିଶନ ଯୋଜନାରେ ଏକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ମଙ୍ଗଳବାର ପୂର୍ବାହ୍ନରେ ଓଡିଶା ସରକାରଙ୍କ ଜାଗା ମିଶନ୍ ଯୋଜନା ଶ୍ରେଣୀରେ ଅନ୍ତର୍ଭୁକ୍ତ ହିତାଧିକାରୀ ମାନଙ୍କୁ ଏହି ଅବସରରେ ଜମି ପ୍ରମାଣପତ୍ର ପ୍ରଦାନ କରାଯାଇଛି । ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଚମ୍ପୁଆ ବିଧାୟିକା ମୀନାକ୍ଷୀ ମହାନ୍ତ ଯୋଗ ଦେଇଥିବା ବେଳେ ପୌରପାଳିକା କାର୍ଯ୍ୟନିର୍ବାହୀ ଅଧିକାରୀ ସୂର୍ଯ୍ୟମଣୀ ପାଟଯୋଶୀ, ଯୋଡା ବିକାଶ ପରିଷଦର ସଭାପତି ନିରଞ୍ଜନ ବହିଦାର, ପୂର୍ବତନ ଉପ-ନଗରପାଳ ସୁରେନ୍ଦ୍ରନାଥ ଜେନା ଉକ୍ତ କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ । ଯୋଡା ପୌରପାଳିକାର ୧୪ଟି ୱାର୍ଡରେ ସମୁଦାୟ ୬୨୧୬ ଜଣ ଯୋଗ୍ୟ ହିତାଧିକାରୀଙ୍କୁ ଏହି ଯୋଜନାରେ ଅନ୍ତର୍ଭୁକ୍ତ କରାଯାଇଛି । ମଙ୍ଗଳବାର ଦିନ ତନ୍ମଧ୍ୟରୁ ବନେଇକଳା ଠାରେ ୧୭୫ ଜଣଙ୍କୁ ଭୂମିହୀନଙ୍କୁ ଜାଗା ପ୍ରମାଣପତ୍ର ପ୍ରଦାନ କରାଯାଇଥିବା ନିର୍ବାହୀ ଅଧିକାରୀ ଶ୍ରୀ ପାଟଯୋଶୀ ସୂଚନା ଦେଇଛନ୍ତି । ଏହି ଜମି ଗୁଡିକ ୩୨୩ ବର୍ଗ'ଫୁଟରୁ ସର୍ବାଧିକ ୪୮୦ ବର୍ଗଫୁଟ ମଧରେ ଯୋଗାଇ ଦିଆଯିବ । ପରେ ଜାଗା ପ୍ରମାଣ ପତ୍ର ଦେବା ପରେ ଭୂମି ଅଧିକାର ପତ୍ର ଓ ୨ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ସୁଧମୁକ୍ତ ଋଣ ଯୋଗାଇ ଦେବାର ସରକାରୀ ଯୋଜନା ରହିଥିବା ନିର୍ବାହୀ ଅଧିକାରୀ ପ୍ରକାଶ କରିଥିଲେ ।

# ଡମ୍ଫର ମାଲିକଙ୍କ ଧାରଣା ପଞ୍ଚମ ଦିନରେ : ଉପଯୁକ୍ତ ସମାଧାନ ନକରିଲେ ଆଗାମୀ ଦିନରେ ବିକଳ୍ପ ପନ୍ଥାର ଚେତାବନୀ

ଯୋଡା,(ପିଏନ)-କେନ୍ଦୁଝର ଜିଲ୍ଲା ଯୋଡା ଖଣିମଣ୍ଡଳ ଅଧୀନ ହେଁସାବେଡା ସ୍ଥିତ କାସଭି ଇଣ୍ଟରନେସନାଲ ପ୍ରାଇଭେଟ ଲିମିଟେଡ ଖଣି କମ୍ପାନୀ ଟ୍ରକ ମାଲିକ ସଂଘର ଦାବିକୁ ଉପେକ୍ଷା କରି ନିଜର ଖଣିକାର୍ଯ୍ୟ ଜାରି ରଖିଛି । ଖଣି ଲିଜ୍ ପରିସରରେ କାର୍ଯ୍ୟହରା ଡମ୍ଫର ମାଲିକ ମାନେ ଖଣିର ପରିବହନ କାର୍ଯ୍ୟରେ ଡମ୍ଫର ନିୟୋଜିତ କରିବା ଦାବିରେ ଦୀର୍ଘ ୫ ଦିନ ଧରି ଧାରଣାରେ ବସିଥିଲେ ହେଁ ଖଣି କର୍ତ୍ତୃପକ୍ଷନଦେଖିଲା ଭଳି ଉପେକ୍ଷା କରିଚାଲିଛି । ନୂତନ ଲିଜ ପାଇଥିବା କାସଭି ଇଣ୍ଟରନେସନାଲ ପ୍ରାଇଭେଟ ଲିମିଟେଡ ନିଜର ଖଣିଜ ପରିବହନ ପାଇଁ ବାହାର ଅଞ୍ଚଳର ଭାରୀଯାନ ଆଣି ପରିବହନ କରୁଥିବା ବେଳେ ସ୍ଥାନୀୟ ସଂଘର ଡମ୍ଫରକୁ ପରିବହନ କାର୍ଯ୍ୟ ଦେଉନାହିଁ । ଏନେଇ ସଂଘ ପକ୍ଷରୁ ଖଣି କର୍ତ୍ତୃପକ୍ଷଙ୍କୁ ବାରମ୍ବାର ଲିଖିତ ଭାବରେ ଦୃଷ୍ଟି ଆକର୍ଷଣ କରି କୌଣସି ସୁଫଳ ନପାଇବାରୁ ଗତ ୫ ତାରିଖରୁ ଧାରଣା ଆରମ୍ଭ କରିଥିଲେ । ଦୀର୍ଘ ୨୫ ବର୍ଷରୁ ଉର୍ଦ୍ଧ୍ୱ ହେବ ଏହି ସଂଘ ସ୍ଥାନୀୟ ଖଣି ପ୍ରଭାବିତ ଅଞ୍ଚଳର ଡମ୍ଫର ମାଲିକ ମାନଙ୍କୁ ନେଇ କାର୍ଯ୍ୟ କରି ଆସୁଅଛି ।



ପୂର୍ବରୁ କାର୍ଯ୍ୟ କରୁଥିବା ଖଣି ଲିଜଧାରୀ ମାନେ ନିଜର ପରିବହନ କାର୍ଯ୍ୟ ପାଇଁ ସଂଘରୁ ଡମ୍ଫର ନେଇ ପରିବହନ କରୁଥିଲେ । ଯାହାଫଳରେ ପରୋକ୍ଷ ଏବଂ ପ୍ରତ୍ୟେକ୍ଷ ଭାବରେ ହଜାର ହଜାର ଲୋକ ଜିବୀକା ନିର୍ବାହ କରି ପାରୁଥିଲେ । ଉକ୍ତ ଖଣିର ପୂର୍ବ ଲିଜଧାରୀ ପଟ୍ଟନାୟକ ମିନେରାଲସ ପ୍ରାଇଭେଟ ଲିମିଟେଡ ଖଣିଜ ପରିବହନରେ ସ୍ଥାନୀୟ ସଂଘର ଡମ୍ଫରକୁ ପରିବହନରେ ନିୟୋଜିତ କରୁଥିଲେ । ମାତ୍ର ବର୍ତ୍ତମାନ ନୂତନଲିଜଧାରୀ କାସଭି ଖଣି ସଂଘକୁ ହେୟଜ୍ଞାନ କରି ବାହାର ଅଞ୍ଚଳର ଶତାଧିକ ଭାରୀଯାନ ଆଣି ପରିବହନ କାର୍ଯ୍ୟ କରୁଛି । ଯାହାଫଳରେ ଅଞ୍ଚଳର ଖଣି ପ୍ରଭାବିତ ଗାଡି ମାଲିକ ମାନେ ଜିବୀକା ହରାଇ ହତାଶ ହୋଇପଡିଛନ୍ତି ବୋଲି ମାଇନିଂ ଏରିଆ ଟ୍ରକ ଓନର ଆସୋସିଏସନର ସଭାପତି ଚତୁର୍ଭୁଜ ପଲେଇ ତାଙ୍କ ପ୍ରତିକ୍ରିୟାରେ କହିଛନ୍ତି । ବାରମ୍ବାର ଖଣି କର୍ତ୍ତୃପକ୍ଷଙ୍କୁ ଜଣାଇବା ସତ୍ତ୍ୱେ ମଧ କେହି କର୍ଣ୍ଣପାତ କରୁନାହାଁନ୍ତି । ଡମ୍ଫର ମାଲିକ ମାନେ କାର୍ଯ୍ୟ ନପାଇ ବସି ରହିଛନ୍ତି । ସେମାନଙ୍କର ପରିବାର ପ୍ରତିପୋଷଣ କରିବା ମଧ କଷ୍ଟସାଧ ହେଲାଣି । କରୋନା ମହାମାରୀ ପରିସ୍ଥିତିରେ କୌଣସି କାର୍ଯ୍ୟ ନପାଇ ଡମ୍ଫରରେ କାର୍ଯ୍ୟ କରୁଥିବା ଡ୍ରାଇଭର, ହେଲପର ଓ ସେମାନଙ୍କର ପରିବାର ବର୍ତ୍ତମାନ ଆର୍ଥିକ ସଂକଟରେ ଶିକାର ହେଲେଣି । ପରିବହନ କାର୍ଯ୍ୟ ହେତୁ ଅଞ୍ଚଳରେ ପ୍ରତ୍ୟେକ୍ଷ ଏବଂ ପରୋକ୍ଷରେ ନିର୍ଭରଶୀଳ ଥିବା ପ୍ରାୟ ଶତକଡା ୮୦ ପ୍ରତିଶତ ଲୋକ ପ୍ରଭାବିତ ହେଲେଣି । କୋଭିଡ-୧୯ ଗାଇଡ ଲାଇନ ରହିଥିବା ସତ୍ତ୍ୱେ ମଧ ଗାଡି ମାଲିକମାନେ ଏହି ନିୟମକୁ ପାଳନ କରି ଧାରଣାରେ ବସିଛନ୍ତି । ହେଲେ ଖଣି କର୍ତ୍ତୃପକ୍ଷ ୫ଦିନ ବିତିଯାଇଥିଲେ ହେଁ ଦାବି ପୂରଣ ନେଇ କୌଣସି ଆଲୋଚନା କରିବାକୁ ଆସିନଥିବା ବୋଲି ମାଟୋଆ ସମ୍ପାଦକ ସତ୍ୟପ୍ରିୟ ବାରିକ ତାଙ୍କ ପ୍ରତିକ୍ରିୟାରେ ପ୍ରକାଶ କରିଛନ୍ତି । ଯଦି ଖଣି କର୍ତ୍ତୃପକ୍ଷ ଏହାର ଉପଯୁକ୍ତ ସମାଧାନ ନକରନ୍ତି ତାହା ହେଲେ ଆଗାମୀ ଦିନରେ ବିକଳ୍ପପନ୍ଥା ଗ୍ରହଣ କରିବାକୁ ବଧ୍ୟ ହେବୁ ବୋଲି ପ୍ରେସ ବିବୃତ୍ତିରେ ଜଣାଇଛନ୍ତି । ତେଣେ କାସଭି ଖଣିର ଜନୈକ ବରିଷ୍ଠ ଅଧିକାରୀ ତାଙ୍କ ପ୍ରତିକ୍ରିୟାରେ କହିଛନ୍ତି ଯେ କାସଭି ଖଣି ନିକଟସ୍ଥ ଜୁରୁଡି ଠାରେ ଥିବା ଜୁରୁଡି ଟ୍ରକ ମାଲିକ ମାନଙ୍କ ସହ ସେମାନେ ଆଲୋଚନା କରି ହାଇୱା ଟ୍ରକ ମାଧମରେ ଖଣିଜ ପରିବହନ କାର୍ଯ୍ୟ କରୁଛନ୍ତି । ଏନେଇ ଯୋଡା ଠାରେ ଥିବା ମାଇନିଂ ଏରିଆ ଟ୍ରକ ଓନର ଆସୋସିଏସନ ସହ କୌଣସି ଆଲୋଚନା କରିବା ଆବଶ୍ୟକତା ନାହିଁ ବୋଲି ସେ କହିଥିଲେ ।




# ବିଦ୍ୟୁତ୍ କମ୍ପାନୀକୁ ଛାଡ଼, ଗ୍ରାହକ ମୁଣ୍ଡରେ ଅଠା ବୋଳିବେ ରାଜ୍ୟ ସରକାର

ବ୍ରହ୍ମପୁର (ପିଏନ୍): ଏକ ଜନକଲ୍ୟାଣ ରାଜ୍ୟରେ ସାଧାରଣ ଜନତାଙ୍କୁ ସୁବିଧା ସୁଯୋଗ ଦେବା ସରକାର ପ୍ରାଥମିକ ଦେବା ଉଚିତ। କିନ୍ତୁ ରାଜ୍ୟ ସରକାର ନିଜର ଅପାରଗତା ଏବଂ ବେପରୁଆ ମନୋଭାବ ଯୋଗୁ ଗତ ୧୦ ବର୍ଷରେ ଗ୍ରୀଡ଼କୋର କ୍ଷତି ହୋଇଥିବା ୭୭୮୮ କୋଟି ଟଙ୍କା ବିଦ୍ୟୁତ ଦର ବୃଦ୍ଧି କରି ରାଜ୍ୟର ୯୫ ଲକ୍ଷ ଉପଭୋକ୍ତାଙ୍କ ଠାରୁ ଆଦାୟ କରିବା ପାଇଁ ଚକ୍ରାନ୍ତ କରୁଥିବା ଘଟଣା ଅତ୍ୟନ୍ତ ଦୁର୍ଭାଗ୍ୟଜନକ ବୋଲି ରାଜ୍ୟ ବିଦ୍ୟୁତ ଉପଭୋକ୍ତା ମହାସଂଘର ସଭାପତି ରମେଶ ଶତପଥୀ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ପ୍ରକାଶ କରିଛନ୍ତି। ସ୍ଥାନୀୟ ସିଟି ପେଲେସ୍ ଠାରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଶ୍ରୀ ଶତପଥୀ କହିଲେ ରାଜ୍ୟ ସରକାର ରାଜ୍ୟର ବିଦ୍ୟୁତ ଉପଭୋକ୍ତାମାନଙ୍କୁ ସ୍ୱଳ୍ପ ମୂଲ୍ୟରେ ନିରବଚ୍ଛିନ୍ନ ବିଦ୍ୟୁତ ସେବା ଯୋଗାଇବା ପାଇଁ ୧୯୯୫ ମସିହାରେ ରାଜ୍ୟ ବିଦ୍ୟୁତ ବୋର୍ଡକୁ ଭାଙ୍ଗି ବିଦ୍ୟୁତ ବିଭାଗରେ ସଂସ୍କାର ଆଣିଲେ । ପ୍ରଥମେ ପରିଚାଳନା ଗତ ଅପାରଗତା ଯୋଗୁ ସ୍ୱଳ୍ପ ମୂଲ୍ୟରେ ଟି.ଟି.ପି.ଏସ ଓ ଏନ.ଟି.ପି.ସିକୁ ବିକ୍ରି କଲେ । ରାଜ୍ୟ ସରକାରଙ୍କ ନିଜସ୍ୱ କମ୍ପାନୀ ଗ୍ରୀଡ଼କୋ। ଓ ଜଳ ବିଦ୍ୟୁତ ନିଗମ ଗଠନ କଲେ । ଗ୍ରୀଡ଼କୋ। ଦାୟିତ୍ୱରେ ବିଦ୍ୟୁତ ସରବରାହ, ବିଦ୍ୟୁତ କିଣା, ବିଦ୍ୟୁତ ବିତରଣ ଦାୟିତ୍ୱ ରହିବାବେଳେ ଜଳ ବିଦ୍ୟୁତ ନିଗମ (ଓ.ଏଚ.ପି.ସି) ରାଜ୍ୟର ସମସ୍ତ ଜଳ ବିଦ୍ୟୁତ ପ୍ରକଳ୍ପର ରକ୍ଷଣାବେକ୍ଷଣା ନୂଆ। ଜଳ ବିଦ୍ୟୁତ ପ୍ରକଳ୍ପ ମାନ ନିର୍ମାଣ କରି ସ୍ୱଳ୍ପ ମୂଲ୍ୟରେ ରାଜ୍ୟର ବିଦ୍ୟୁତ ଗ୍ରାହକଙ୍କୁ ବିଦ୍ୟୁତ ଯୋଗାଇବାର ବ୍ୟବସ୍ଥା ରଲେ । ପରବର୍ତ୍ତୀ ସମୟରେ ବିଦ୍ୟୁତ ବିତରଣ ଦାୟିତ୍ୱ ୪ଟି ବିତରଣ କମ୍ପାନୀ ସେସ୍କୋ, ନେସ୍କୋ, ସାଉଥକୋ, ସିକୋ। ଗଠନ କରାଯାଇ ବିଦ୍ୟୁତ ଗ୍ରାହକଙ୍କୁ ଉନ୍ନତ ମାନର ବିଦ୍ୟୁତ ଓଇଆରସି ନିର୍ଦ୍ଧାରିତ ରେଟରେ ଯୋଗାଇଦିଆଯାଇ ଅର୍ଥ ଆଦାୟ କରିବାର ଦାୟିତ୍ୱ ଦିଆଗଲା। ଏହି ସମସ୍ତ କମ୍ପାନୀ ରାଜ୍ୟ ସରକାରଙ୍କର ନିଜସ୍ୱ କମ୍ପାନୀ ଭାବେ କାମ କଲା । ୧୯୯୯ ମସିହାରେ କମ୍ପାନୀ ଗୁଡିକର ୫୧ ପ୍ରତିଶତ ଅଂଶଧନକୁ ରାଜ୍ୟ ସରକାର ବିକ୍ରି କରି ତାର ମାଲିକାନାକୁ ଘରୋଇ କମ୍ପାନୀ ହାତରେ ଟେକିଦେଲେ। ସେସ୍କୋର ଦାୟିତ୍ୱ ଆମେରିକାର ଏ.ଇ.ଏସ କମ୍ପାନୀ ଓ ଅନ୍ୟ ୩ଟି କମ୍ପାନୀ ନେସ୍କୋ, ସିସ୍କୋ, ସାଉଥକୋର ଦାୟିତ୍ୱ ବିଏସଇଏସ/ ରିଲିଆନ୍ସକୁ ଦିଆଗଲା। ପରବର୍ତ୍ତୀ ସମୟରେ ସମସ୍ତ କମ୍ପାନୀ ଏଥିରୁ ଓହରିଯାଇ କୋଟି କୋଟି ଟଙ୍କା ହଡ଼ପ କରିଥିଲେ ମଧ୍ୟ ରାଜ୍ୟ ସରକାର ନୀରବ ସାଜିବା ଆଶ୍ଚର୍ଯ୍ୟଜନକ। ଓଇଆରସିର ଚିଠି ପାଇଲା ପରେ ୨୦୧୦ ମସିହାରେ ରାଜ୍ୟ ସରକାରଙ୍କର ଏକ କାପେ ଯୋଜନା କରି ୨୪୦୦ କୋଟି ଟଙ୍କା ୩ ବର୍ଷରେ ଖର୍ଚ୍ଚ କରିବାର ନିର୍ଦ୍ଦେଶ ବିତରଣ କମ୍ପାନୀ ମାନଙ୍କୁ ଦେଲେ। ୨୦୧୬ ସୁଦ୍ଧା ମାତ୍ର ଖର୍ଚ୍ଚ ହେଲା ୯୨୦ କୋଟି ଟଙ୍କା ତାହା କେବଳ ଜିନିଷ କିଣାରେ ହେଲେ କାମ କଣ ହେଲା ପ୍ରକୃତରେ ଖର୍ଚ୍ଚ ହେଲା କି ନାହିଁ କେହି ଜାଣିଲେ ନାହିଁ । ଏଟିସି ଲସ କମିଲା ନାହିଁ ବଢି ଚାଲିଲା । ଓଇଆରସି ନିର୍ଦ୍ଦେଶକୁ ମଧ୍ୟ ଗୁରୁତ୍ୱ ଦେଲେ ନାହିଁ । ରିଲିଆନ୍ସ ତାର ଅଂଶଧନକୁ ଅନ୍ୟ କମ୍ପାନୀକୁ ବିକ୍ରି କଲା । ଆମର ବିରୋଧ ଫଳରେ ୨୦୧୫ ରେ ଓଇଆରସି ନେସ୍କୋ, ସେସ୍କୋ, ସାଉଥକୋର ଲାଇସେନ୍ସ ରଦ୍ଦ କରି ରାଜ୍ୟର ଶକ୍ତି ସଚିବ ଓ ଗ୍ରୀଡ଼କୋର ସିଏମଡିଙ୍କ ହାତରେ ୩ଟି ଯାକ ବିତରଣ କମ୍ପାନୀର ସମସ୍ତ କାଯର୍ୟ ପରିଚାଳନା କରିବାର ନିର୍ଦ୍ଦେଶ ଦେଲେ । ବିଭିନ୍ନ ଯୋଜନାରେ ଅର୍ଥ ବିନିଯୋଗ ହେଲା, ହେଲେ ଅପଦାର୍ଥ, ଅଯୋଗ୍ୟ ଲୋକମାନଙ୍କ ଦ୍ୱାରା ଏହାର ସଠିକ ପରିଚାଳନା ହୋଇପାରିଲା ନାହିଁ କ୍ଷତି ବଢିବଢି ଚାଲିଲା । ଗ୍ରୀଡ଼କୋ। ଓଇଆରସି ନିକଟରେ ୨୦୨୨-୨୩ ବର୍ଷର ଯେଉଁ ତଥ୍ୟ ଉପସ୍ଥାପନା କଲେ ସେଥିରେ ଜଣାଇଲେ ଯେ, ବର୍ଷ ବର୍ଷ ଧରି ବିତରଣ କମ୍ପାନୀ ମାନଙ୍କର ଅପାରଗତା ଯୋଗୁ ୭୭୮୮ କୋଟି ଟଙ୍କା ବାକି ପଡ଼ିଛି । ଏହାଛଡ଼ା ଅଧିକ ଟଙ୍କାରେ ବିଦ୍ୟୁତ କିଣି କମ ପଇସାରେ ବିକ୍ରି କରିବା ଫଳରେ ବ୍ୟାଙ୍କ ଠାରୁ ଆସିଥିବା ଋଣ ମିଶି ୬୫୦ କୋଟି ହେଲାଣି । ଏହି ଅର୍ଥ ସବୁକୁ ବିଦ୍ୟୁତ ଗ୍ରାହକଙ୍କ ଠାରୁ ଆଦାୟ କରାଯିବାର ଆବଶ୍ୟକତା ଅଛି । ଓଇଆରସି ଏହାକୁ ଗ୍ରହଣ ନକରିବାରୁ ଗ୍ରୀଡ଼କୋ। ନୂଆ। ପନ୍ଥା ବାହାର କରି ଝିଙ୍ଗ -ଅଫ ଆଧାରରେ ଓଇଆରସିର ଦ୍ୱାରସ୍ଥ ହୋଇ ୨୦୧୫-୧୬ ରୁ ୨୦୧୯-୨୦ ପଯର୍ୟନ୍ତ ୫୫୦୦ କୋଟି ଟଙ୍କା ଗ୍ରୀଡ଼କୋର ପ୍ରକୃତ ଖର୍ଚ୍ଚ ଦର୍ଶାଇ ବିଦ୍ୟୁତ ଗ୍ରାହକଙ୍କ ଠାରୁ ତାହା ଆଦାୟ କରିବାକୁ ଯେଉଁ ଦରଖାସ୍ତ ଦେଇଥିଲେ ଓଇଆରସି ତାକୁ ପ୍ରତ୍ୟାଖ୍ୟାନ କରି ସରକାର ଏହି ଅର୍ଥ ବଜେଟ ରଖି ଭରଣା କରିବାକୁ ପ୍ରସ୍ତାବ ଦେଇଥିଲା ବେଳେ ରାଜ୍ୟ ସରକାରଙ୍କର ଗ୍ରୀଡ଼କୋ। ଏହାକୁ କାଏମ ରଖିବା ପାଇଁ ଆପିଲେଟ ଟ୍ରିବୁନାଲକୁ ଯାଇଛନ୍ତି । ଯଦି ଟ୍ରିବୁନାଲ ଏହାକୁ ଗ୍ରହଣ କରନ୍ତି ତାହା ହେଲେ ବିଦ୍ୟୁତ ଗ୍ରାହକଙ୍କୁ ଏହି ଅର୍ଥ ଦେବାକୁ ପଡ଼ିବ ଓ ୨୦୨୩-୨୪ ବର୍ଷରେ ଟାରିଫ ବଢିବ । ଏହାକୁ ଆମମାନଙ୍କ ତରଫରୁ ବିରୋଧ କରାଯାଇଥିଲେ ମଧ୍ୟ ସମସ୍ତ ଉପଭୋକ୍ତା, ସଂଗଠନ ମାନେ ଏହାର ବିରୋଧ କରି ରାଜ୍ୟ ସରକାର ଏଥିରୁ ନିବୃତ ରହିବାକୁ ଦାବି କରନ୍ତୁ । ସାମ୍ବାଦିକ ସମ୍ମିଳନୀରେ ଉପଭୋକ୍ତା ମହାସଂଘ ତଥା ଓଏସଇବି ଶ୍ରମିକ ମହାସଂଘର ସଭାପତି ରମେଶ ଶତପଥୀଙ୍କ ସମେତ ସାଧାରଣ ସମ୍ପାଦକ ଜଗନ୍ନାଥ ମହାରଣା, ଉପଦେଷ୍ଟା ତଥା ବରିଷ୍ଠ ସାମ୍ବାଦିକ ରବି ରଥ, ଉପସଭାପତି ଏନ. ଭାସ୍କର ରାଓ, ସଦାନନ୍ଦ ଚୌଧୁରୀ, କାଳିପ୍ରସାଦ ମହାପାତ୍ର, ପ୍ରମୋଦ କୁମାର ଦାଶ, ଯଥା ଟିପିଏସଓଡିଏଲ ଏମପ୍ଲସ ୟୁନିଅନର ସାଧାରଣ ସମ୍ପାଦକ ପ୍ରଦୀପ କୁମାର ବିଷୋୟୀ, ନୀଳମାଧବ ଦାଶ, ଅଶୋକ ପଟ୍ଟନାୟକ, ଶିବଶଙ୍କର ଦାସ, ଗୋପୀନାଥ ପଣ୍ଡା, ଗୌରହରି ସାମଲ, ବସନ୍ତ କୁମାରୁ ପ୍ରାଣିଗ୍ରାହୀ ଓ ନରୋତ୍ତମ ବେହେରା ପ୍ରମୁଖ ଉପସ୍ଥିତ ଥିଲେ ।

## ମହାଗୁରୁ ପଣ୍ଡିତ ଭୂପତିଭୂଷଣ ମିଶ୍ରଙ୍କୁ 'ବୈଷ୍ଣବ ଶିରିପା ଶ୍ରୀ' ସମ୍ମାନ ପ୍ରଦାନ

ଯାଜପୁର (ପିଏନ୍): ଯାଜପୁରର ଅକରପଡ଼ା ଗ୍ରା.ପ.ର ବଡ ଦୋଗଡ଼ା ବୈଷ୍ଣବ ସାହି ସ୍ଥିତ ଶ୍ରୀ ଶ୍ରୀ ଗୋପୀନାଥ ଜୀଉ ମନ୍ଦିର ପ୍ରାଙ୍ଗଣରେ ଶ୍ରୀଜଗନ୍ନାଥଙ୍କର ମୁଖ୍ୟ ପୁରୋହିତ ପଣ୍ଡିତ ହୃଷିକେଶ ପତିଙ୍କ ପୌରୋହିତ୍ୟରେ ସଂବର୍ଦ୍ଧନା ସଭା ଅନୁଷ୍ଠିତ ହୋଇଥିଲା। ଯାଜପୁରର ବିଶିଷ୍ଟ ସଂସ୍କୃତ ବିଶାରଦ ରାଷ୍ଟ୍ରପତି ପୁରସ୍କାର ପ୍ରାପ୍ତ ଶିକ୍ଷାବିତ୍ ପଣ୍ଡିତ ଭୂପତି ଭୂଷଣ ମିଶ୍ରଙ୍କୁ ବୈଷ୍ଣବ ସଂପ୍ରଦାୟ ତରଫରୁ 'ବୈଷ୍ଣବ ଶିରିପା ଶ୍ରୀ' ସମ୍ମାନରେ ସମ୍ବର୍ଦ୍ଧିତ କରାଯାଇଥିଲା। ବାଳମୁକୁଳି କାହ୍ନୁପୁରର ଅଧିକାରୀ ଉମାକାନ୍ତ ଦାସ, ଇନ୍ଦାରୋଇ ଗ୍ରାମର ଅଧିକାରୀ ବୈଷ୍ଣବ ତପନ କୁମାର ଦାସ, ଆନନ୍ଦପୁରର ଅଧିକାରୀ ବୈଷ୍ଣବ ନାରାୟଣ ଚନ୍ଦ୍ର ଦାସ, ବୃନ୍ଦାବନପୁରର ଅଧିକାରୀ ବୈଷ୍ଣବ ପ୍ରଫୁଲ୍ଲ କୁମାର ଦାସ, ଓଳାଭର ନମ୍ତରା ଗ୍ରାମର ସୋନୁ ବାବା, ବଡ଼ଦୋଗଡ଼ା ବୈଷ୍ଣବ ବିଶ୍ୱମ୍ଭର ଦାସ, ତେନ୍ତୁଳିଡ଼ିହ ଅଧିକାରୀ ରାଧାକାନ୍ତ ଦାସ, ସୁବାସ ଚନ୍ଦ୍ର ଦାସ, ସୀତାକାନ୍ତ ଦାସ, କମଳାକାନ୍ତ ଦାସ, ବ୍ରଜକିଶୋର ଦାସ, ବସୁଦେବ ଦାସ, ଶ୍ରୀନାଥ ଦାସ, ବିବେକାନନ୍ଦ ଦାସ, ଆଲୋକ ଦାସ, ଭଗବାନ ଦାସ ପ୍ରମୁଖ ଉକ୍ତ ସମ୍ବର୍ଦ୍ଧନା ଉତ୍ସବରେ ଉପସ୍ଥିତ ହୋଇ ବୈଷ୍ଣବ ଶିରିପା ପ୍ରଦାନ କରିଥିଲେ। ଅନନ୍ୟା ସାହିତ୍ୟ ସଂସଦର ସଭାପତି ସନ୍ତୋଷ କୁମାର ନନ୍ଦ ମୁଖ୍ୟ ଅତିଥିଭାବେ ଯୋଗଦେଇ ଏହି ସମ୍ବର୍ଦ୍ଧନା ଏକ ଅନନ୍ୟ ପରଂପରା ଏବଂ ଏହାଦ୍ୱାରା ଉତ୍କଳୀୟ ଚେତନା ଓ ଗୌରବର ପ୍ରତିଷ୍ଠାତା ପୂର୍ବସୂରୀ ମାନଙ୍କର ପଦାଙ୍କ ଅନୁସରଣ କରି ବୈଷ୍ଣବ ସମ୍ପ୍ରଦାୟର ଅତୀତର ଗାଥାକୁ ପ୍ରକାଶ କରିଥିଲେ। ଶିକ୍ଷାବିତ୍ ବିଦ୍ୟୁତଲତା ଦାସ, ମୁଖ୍ୟବକ୍ତାଭାବେ ଓ ବରିଷ୍ଠ ସେବାୟତ ମଞ୍ଜୁଲତା ଦାସ, ଅନ୍ନପୂର୍ଣ୍ଣା ଦାସ, ରେଣୁବାଳା ଦାସ ପ୍ରମୁଖ ସମ୍ମାନିତ ଅତିଥିମାନେ ଯୋଗଦେଇ ଉତ୍ସବର ତାତ୍ପର୍ଯ୍ୟ ସଂପର୍କରେ ଆଲୋଚନା କରିଥିଲେ। ଅଧିକାରୀ ନବକିଶୋର ଦାସ ସମସ୍ତ କାର୍ଯ୍ୟକ୍ରମକୁ ପରିଚାଳନା କରିଥିବା ବେଳେ ବୈଷ୍ଣବ ପ୍ରୀତିକାନ୍ତ ଦାସ ଧନ୍ୟବାଦ ଦେଇଥିଲେ।

# ବହ୍ନିବଳୟରେ କନ୍ୟାସନ୍ତାନ

ସାରା ବିଶ୍ୱରେ ଥିବା ୬୫୦ କୋଟି ଜନସଂଖ୍ୟାର ଅର୍ଦ୍ଧେକ ହେଉଛନ୍ତି ନାରୀ। ଦୁଃଖ ଯେ, ପୁରୁଷଙ୍କ ପରି ସେମାନେ ତ ସମାନ ନ୍ୟାୟ ପାଆନ୍ତି ନାହିଁ , ନ୍ୟାଯ୍ୟ ଅଧିକାର ଭୋଗକରନ୍ତି ନାହିଁ, ଅପରନ୍ତୁ ଶୋଷିତ ଓ ଅତ୍ୟାଚାରିତ ହୁଅନ୍ତି ଏବଂ ଏହାର ମାତ୍ରା ଦିନକୁ ଦିନ ବଢ଼ିବାରେ ଲାଗିଛି। ଅବଶ୍ୟ ସେମାନଙ୍କ ସୁରକ୍ଷା ଦେବାରେ ଏବଂ ଉନ୍ନତିଲେ ବିଭିନ୍ନ ଆଇନ୍ ରାଷ୍ଟ୍ରମାନେ ପ୍ରଣୟନ କରିଛନ୍ତି ଅଥଚ କାର୍ଯ୍ୟ ବା କାରଣକୁ ଏହା କାମରେ ଆସେ ନାହିଁ। ଏ ଦୃଷ୍ଟିରୁ ଏତିକି କୁହାଯାଇପାରେ ଯେ, ଯେଯାଏଁ ଲୋକମାନଙ୍କର ମାନସିକତାରେ ପରିବର୍ତ୍ତନ ନ ଘଟିଛି, ମହିଳାମାନଙ୍କ ଉପରେ ଚାଲିଥିବା ଆକ୍ରମଣ ଓ ଅତ୍ୟାଚାର ହ୍ରାସ ପାଇବା ଅସମ୍ଭବ। ନାରୀମାନଙ୍କ ପ୍ରତି ଚାଲିଥିବା ବଳାତ୍କାର, ଧର୍ଷଣ ଓ ହତ୍ୟାର ମାତ୍ରା ଦିନକୁଦିନ ମାତ୍ରାଧିକ ଭାବରେ ବଢ଼ିଚାଲିଛି । ମିଳିଥିବା ଏକ ରିପୋର୍ଟ ଅନୁସାରେ ୨୦୧୨ରେ ଭାରତରେ ୨୪, ୬୨୩ଟି ବଳାତ୍କାର ଘଟିଥିବା ବେଳେ ଏହି ବଳାତ୍କାର ସଂଖ୍ୟା ୨୦୧୩ ପାଇଁ ହୋଇଛି ୩୩,୭୦୭। ଓଡ଼ିଶାରେ ଏ ସଂଖ୍ୟା ସେହି ସମୟରେ ୧୪୫୮ରୁ ୧୮୩୨କୁ ବୃଦ୍ଧି ପାଇଛି। ଜାତୀୟ ଅପରାଧ ରେକର୍ଡ଼ ବ୍ୟୁରୋ ଗତବର୍ଷ କରିଥିବା ସର୍ଭେ ଅନୁସାରେ ଗତବର୍ଷ ୩୩ ହଜାର ୭୮୯ଟି ମାମଲାମଧ୍ୟରୁ ସର୍ବାଧିକ ମାମଲା ହେଉଛି ଯୌତୁକଜନିତ ହତ୍ୟା। ଏହାର ମାତ୍ରା ହେଉଛି ୧୬.୭%। ସେହିପରି ୨୦୧୧ ତୁଳନାରେ ୨୦୧୩କୁ ଅପହରଣ ମାତ୍ରା ବଢ଼ିଛି ତିନିଗୁଣ। ବିଭିନ୍ନ ପ୍ରଲୋଭନ ଦେଖାଇ ଯୁବତୀ କନ୍ୟାମାନଙ୍କୁ ନେବା ଏବଂ ପରେ ଧର୍ଷଣ କରି ଦଲାଲ ହାତରେ ଟେକି ଦେବା ଅଥବା ହତ୍ୟା କରିବା ଅପହରଣର ହେଉଛି ଶେଷ ପରିଣତି।

ବିଶ୍ୱ, ବିଶେଷ କରି ଭାରତୀୟମାନଙ୍କର ନାରୀପ୍ରତି ଥିବା ଅସମାନତା ମାନସିକତାର ଅନ୍ୟତମ ଉଦାହରଣ ହେଉଛି କନ୍ୟାଭୃଣ ହତ୍ୟା। ଏକ ପରିସଂଖ୍ୟାନ ଅନୁସାରେ ଗତ ୨୦ ବର୍ଷ ମଧ୍ୟରେ ଭାରତର କନ୍ୟାଭୃଣ ହତ୍ୟା ସଂଖ୍ୟା ପ୍ରାୟ ଏକ କୋଟୀରୁ ଅଧିକ। ଏହାସବୁ ବେଆଇନ୍ ଗର୍ଭପାତ। ଏହାର ଅର୍ଥ ହେଲା ବେଆଇନ୍ ଭାବେ ସୋନୋଗ୍ରାଫି ଜରିଆରେ ଗର୍ଭସ୍ଥ ଭୃଣର ଲିଙ୍ଗ ନିରୂପିତ ହେଉଛି। ଏହା ଯଦି କନ୍ୟା, ତାକୁ ସେ ଭୃଣରୁ ହତ୍ୟା କରାଯାଉଛି ଏବଂ ତାକୁ ବର୍ଜ୍ୟବସ୍ତୁ ଆକାରରେ କୋଉଠି ଫିଙ୍ଗି ଦିଆଯାଉଛି। ଏମିତି ସବୁ କାରଣକୁ ଶିକାର ହୁଏ ନାରୀ, ହ୍ରାସ ହୁଏ ତା' ସଂଖ୍ୟା।

ମିଳିତ ଜାତିସଂଘର ବିଶ୍ୱ ଜନସଂଖ୍ୟା ପାଣ୍ଠି (ଡ଼ବ୍ଲୁ.ପି.ଏଫ୍)ର ଚେତାବନୀ ଅନୁସାରେ ପୁରୁଷ-ମହିଳା ସନ୍ତୁଳନରେ ଭାରତ ସବୁଠାରୁ ଦୁର୍ବଳ ରାଷ୍ଟ୍ର। ଯଦି କନ୍ୟା ସନ୍ତାନ ସଂଖ୍ୟା ଏହିପରି ହ୍ରାସ ପାଏ, ତା'ହେଲେ ଭାରତରେ ଭବିଷ୍ୟତରେ ଏକ ସାମାଜିକ ସଂକଟ ଦେଖାଯିବ, ହୁଏତ ଏଥିପାଇଁ ୨୫ଭାଗ ଯୁବକଙ୍କ ପାଇଁ ପାତ୍ରୀ ମିଳିନପାରେ। ଏବେ ତ ଏହି କାରଣରୁ ହରିଆଣା, ରାଜସ୍ଥାନ ଓ ଉତ୍ତରପ୍ରଦେଶ ଇତ୍ୟାଦିରେ ବିବାହ ପାଇଁ ପାତ୍ରୀ ସଂକଟ ଉତ୍ପନ୍ନ ହୋଇଗଲାଣି। ଏପରି କନ୍ୟା ସଂକଟ ଘଟିବାର ଏକ ମୁଖ୍ୟ କାରଣ ଏହି ଯେ, ଯୌତୁକଜନିତ ଆର୍ଥିକ ଦଣ୍ଡରୁ ମୁକ୍ତି ପାଇଁ କନ୍ୟା ଭୃଣହତ୍ୟା । ଦୁଃଖ ଯେ, ଏହାକୁ ଏଡ଼ାଇବା ପାଇଁ ଯୌତୁକ ନିରୋଧ ଆଇନ୍, ଭୃଣହତ୍ୟା ନିଷେଧ ଆଇନ୍, ପିତାମାତାଙ୍କ ସଂପତ୍ତିରେ ପୁତ୍ରପରି କନ୍ୟାର ସମାନ ଅଧିକାର ଆଇନ୍ ଇତ୍ୟାଦି ଥାଇ ସୁଦ୍ଧା 'ଯଥା ପୂର୍ବଂ ତଥା ପରଂ' ନ୍ୟାୟରେ ସବୁକିଛି ଚାଲିଛି।



କେବଳ ଭାରତରେ ନୁହେଁ, ବିଶ୍ୱର ଅନେକ ରାଷ୍ଟ୍ରରେ ମହିଳାଙ୍କ ସ୍ଥିତି ଏପରି ଦୟନୀୟ ଅବସ୍ଥାରେ ଅଛି। କନ୍ୟାଭୃଣ ହତ୍ୟାରୋକିବା, ଲିଙ୍ଗଗତ ବୈଷମ୍ୟ ଦୂରେଇବା, ଶିଶୁକନ୍ୟାଙ୍କ ଶିକ୍ଷା, ପୁଷ୍ଟି, ସ୍ୱାସ୍ଥ୍ୟ, ଆଇନ୍‌ଗତ ଅଧିକାରର ସୁରକ୍ଷା ଏବଂ ସେମାନଙ୍କ ବିରୁଦ୍ଧରେ ଦେଖା ଓ ଲିଙ୍ଗଗତ ବୈଷମ୍ୟ, ହିଂସା, ବାଲ୍ୟବିବାହ ପ୍ରଥା ରୋକିବା ଉଦ୍ଦେଶ୍ୟରେ ପ୍ରତିବର୍ଷ ୧୧ ଅକ୍ଟୋବରକୁ ଆନ୍ତଜାତିକ କନ୍ୟା ଶିଶୁ ଦିବସ ରୂପେ ୨୦୧୨ଠାରୁ ପାଳିତ ହେଉଛି। ଏହି ଅବସରର ବିଭିନ୍ନ କାର୍ଯ୍ୟକ୍ରମ ମଧ୍ୟ କରାଯାଉଛି। ଆସନ୍ତୁ ଲିଙ୍ଗଗତ ପାର୍ଥକ୍ୟ ଭୁଲିଯିବା। କନ୍ୟାଟିଏ ନୁହେଁ, ଆଗାମୀ କାଲିର ଈଶ୍ୱରୀଙ୍କ ସ୍ଥିତି ପାଇଁ ଯତ୍ନବାନ ହେବା।

# DISPLAY CLASSIFIED


FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Mahaditya Publication

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

Pragyan Communication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com


# ଅଣସଙ୍ଗଠିତ ଶ୍ରମିକ ଓ କର୍ମଚାରୀ କଂଗ୍ରେସର ରାଜ୍ୟସ୍ତରୀୟ କନ୍‌ଭେନସନ ରାଉରକେଲାରେ ଆୟୋଜିତ

ରାଉରକେଲା (ପିଏନ୍): ପ୍ରଦେଶ ଅଣସଙ୍ଗଠିତ ଶ୍ରମିକ ଓ କର୍ମଚାରୀ କଂଗ୍ରେସ ପକ୍ଷରୁ ରାଉରକେଲା ସ୍ଥିତ ଶୁଭମ ହୋଟେଲ ଠାରେ ଏକ ରାଜ୍ୟସ୍ତରୀୟ କନ୍‌ଭେନସନ ରାଜ୍ୟ ଅଧ୍ୟକ୍ଷ ବିଦ୍ୟାଧର ମହାନ୍ତିଙ୍କ ସଭାପତିତ୍ୱରେ ଆୟୋଜିତ ହୋଇଯାଇଛି । ଏହି କନ୍‌ଭେନସନକୁ ରାଷ୍ଟ୍ରୀୟ ଅଧ୍ୟକ୍ଷ ଡ. ଉଦିତ ରାଜ ଗୋପବନ୍ଧୁ ଦାସଙ୍କ ଜୟନ୍ତୀ ପରିପ୍ରେକ୍ଷୀରେ ତାଙ୍କ ଫଟୋଚିତ୍ରରେ ମାଲ୍ୟାର୍ପଣ ପୂର୍ବକ ଶ୍ରଦ୍ଧାଳି ଜ୍ଞାପନ କରି ପ୍ରଦୀପ ପ୍ରଜ୍ୱଳନ ସହ ଆନୁଷ୍ଠାନିକ ଉଦ୍‌ଘାଟନ କରି କହିଲେ ଯେ, ସାମ୍ପ୍ରତିକ ପରିସ୍ଥିତିରେ ଦେଶରେ ଦେଖା ଦେଇଥିବା ସଂକଟ ପାଇଁ କେନ୍ଦ୍ରର ମୋଦି ସରକାର ଦାୟୀ ହେବା ସହିତ ଜାତିଆମ ଓ ସାମ୍ପ୍ରଦାୟିକ ଦଙ୍ଗା ସୃଷ୍ଟି କରିବା ନିମନ୍ତେ ଦେଶରେ ଦରଦାମ୍ ବୃଦ୍ଧି, ବେକାରୀ, ବେରୋଜଗାରୀ, ଶିଳ୍ପର ଘରୋଇକରଣ, ଦେଶର ଜାତୀୟ ସମ୍ପତ୍ତିକୁ ଶାଗମାଛ ଦରରେ ବିକ୍ରି କରିବା ପ୍ରୟାସକୁ ଅଖିଳ ଭାରତ ଅଣସଙ୍ଗଠିତ ଶ୍ରମିକ ଓ କର୍ମଚାରୀ କଂଗ୍ରେସ ଆଗାମୀ ଦିନରେ ଦିଲ୍ଲୀ ଠାରୁ ପଲ୍ଲୀ ପର୍ଯ୍ୟନ୍ତ ବ୍ୟାପକ ବିରୋଧ କରିବାକୁ ଆହ୍ୱାନ ଦେଇଥିଲେ । ରାହୁଲ ଗାନ୍ଧୀଙ୍କ ନେତୃତ୍ୱରେ ଗତ ସେପ୍ଟେମ୍ବର ୭ ତାରିଖରୁ କନ୍ୟାକୁମାରୀ ଠାରୁ କାଶ୍ମୀର ପର୍ଯ୍ୟନ୍ତ ୧୫୦ ଦିନ ଧରି ଆରମ୍ଭ ହୋଇଥିବା ଭାରତ ଯୋଡ ଯାତ୍ରାକୁ ସମର୍ଥନ କରି ଆସନ୍ତା ଅକ୍ଟୋବର ୩୧ ତାରିଖରେ ଭୁବନେଶ୍ୱର ଠାରୁ ଆରମ୍ଭ ହେବାକୁ ଯାଉଥିବା ୨ ହଜାର କିଲୋମିଟର ବ୍ୟାପୀ ଏହି ପଦଯାତ୍ରାରେ ସମସ୍ତ ଜିଲ୍ଲା କମିଟିମାନେ ବ୍ୟାପକ ସଂଖ୍ୟାରେ ପ୍ରଚାର ପ୍ରସାର କରିବା ସହିତ ଏହି ଯାତ୍ରାରେ ଅଂଶଗ୍ରହଣ କରିବାକୁ ପରାମର୍ଶ ଦେଇଥିଲେ । ଏହି ରାଜ୍ୟସ୍ତରୀୟ କନ୍‌ଭେନସନରେ ଓଡିଶାର ବିଭିନ୍ନ ଜିଲ୍ଲାରୁ ଆସିଥିବା ୩୦୦ରୁ ଉର୍ଦ୍ଧ୍ୱ ପ୍ରତିନିଧି ଓ କର୍ମକର୍ତ୍ତା ଅଂଶଗ୍ରହଣ କରିଥିଲେ । ଏହା ପୂର୍ବରୁ ରାଉରକେଲା ହାଉସ୍ ଏକ ବିଶାଳ ମୋଟର ସାଇକେଲ୍ ଶୋଭାଯାତ୍ରାରେ ରାଷ୍ଟ୍ରୀୟ ଅଧ୍ୟକ୍ଷ ଡ.ଉଦିତରାଜଙ୍କ ସହିତ ଆସିଥିବା ରାଷ୍ଟ୍ରୀୟ ଉପାଧ୍ୟକ୍ଷ ସୟ ଗାବା, ରାଷ୍ଟ୍ରୀୟ ସଚିବ ସି.ଏନ୍. ମୋହୁରିଆ, ଓ ଓଡିଶା ପ୍ରଭାରୀ ଚନ୍ଦ୍ରଲେଖା ପାଣ୍ଡେ ପ୍ରମୁଖଙ୍କୁ ପାଛୋଟି ଆଣିଥିଲେ । ଏହି କନ୍‌ଭେନସନରେ ରାଜ୍ୟ ସାଧାରଣ ସମ୍ପାଦକ ତ୍ରିଲୋଚନ ମହାନନ୍ଦ, ଉପାଧ୍ୟକ୍ଷା ଜ୍ୟୋସ୍ନା ସେନାପତି ଓ ମାଣିକପ୍ରଭା, ରାଉରକେଲା ଜିଲ୍ଲା କଂଗ୍ରେସ କମିଟିର ସଭାପତି ଦେବବ୍ରତ ବିହାରୀ, ସୁନ୍ଦରଗଡ ଜିଲ୍ଲା କଂଗ୍ରେସ ସଭାପତି ବେଣୁମାଧବ ତ୍ରିପାଠୀ, ବରିଷ୍ଠ କଂଗ୍ରେସ ନେତା ବିରେନ ସେନାପତି, ପୂର୍ବତନ ବିଧାୟକ ପ୍ରଭାତ ମହାପାତ୍ର, ରବି ରାୟ, କୈଳାସ ଚନ୍ଦ୍ର ସାହୁ, ନିହାର ଦାସ, ଯୁବ କଂଗ୍ରେସ ସଭାପତି ଜ୍ଞାନେନ୍ଦ୍ର ଦାସ, ନିର୍ମଳ ସାମଲ, କୃଷ୍ଣଚନ୍ଦ୍ର ସାହୁ, ଭବାନୀ ଜେନା, ଅଜୟ ପାଇକରାୟ, ବିକାଶ ଦାସ, ଭାରତୀବାଳା ଦାସ ପ୍ରମୁଖ ଆଲୋଚନାରେ ଅଂଶଗ୍ରହଣ କରି ତୃଣମୂଳ ସ୍ତରରୁ ଅଣସଙ୍ଗଠିତ ଶ୍ରମିକ ଓ କର୍ମଚାରୀ କଂଗ୍ରେସକୁ ଶକ୍ତିଶାଳୀ କରି ଭାରତୀୟ ଜାତୀୟ କଂଗ୍ରେସର ଶକ୍ତି ବୃଦ୍ଧି କରିବାକୁ ମତ ପ୍ରକାଶ ପାଇଥିଲା ।

# ଆନନ୍ଦ ମାର୍ଗ ଆବାସିକ ବିଦ୍ୟାଳୟରେ ବୃକ୍ଷରୋପଣ ଓ ଖାଦ୍ୟ ବଣ୍ଟନ କାର୍ଯ୍ୟକ୍ରମ

ବାଲେଶ୍ୱର (ପିଏନ୍)- ପବିତ୍ର କୁମାର ପୂର୍ଣ୍ଣିମା ଲକ୍ଷ୍ମୀ ପୂଜା ଅବସରରେ ବାଲେଶ୍ୱର ଜିଲ୍ଲା ସଦର ବ୍ଲକ ଅନ୍ତର୍ଗତ ଆକିନିଆଠାରେ ଥିବା ଆନନ୍ଦ ମାର୍ଗ ଆବାସିକ ବିଦ୍ୟାଳୟରେ ଖାଦ୍ୟ ବଣ୍ଟନ କରାଯାଇଛି। ଅନୁଷ୍ଠାନର ଅଧ୍ୟକ୍ଷା ସଂଯୁକ୍ତା ରାଣୀ ବେହେରାଙ୍କ ଉପସ୍ଥିତିରେ କର୍ମକର୍ତ୍ତା ତଥା ଯୁବ ସମାଜସେବୀ ଯୁବନେତା ମନୋଜ କୁମାର ଆଚାର୍ଯ୍ୟଙ୍କ ସମେତ ଉମାରାଣୀ ଆଚାର୍ଯ୍ୟ ବିଭିନ୍ନ ପ୍ରସଙ୍ଗ ନେଇ ଆବାସିକ ବିଦ୍ୟାଳୟର ମୁଖ୍ୟ ଡଃ ଭାସ୍କର ଜେନା, ପରୀକ୍ଷିତ ଦାସଙ୍କ ସହ ଆଲୋଚନା କରିଥିଲେ। ଆଗାମୀ ଦିନରେ କିପରି ଭାବରେ ବିଦ୍ୟାଳୟ ତଥା ପିଲାମାନଙ୍କ ରକ୍ଷଣାବେକ୍ଷଣ ଠିକ୍ ଭାବରେ କରିହେବ, ଏ ବିଷୟରେ ଆଲୋଚନା କରାଯାଇଥିଲା। ଏହି ଅବସରରେ ବିଦ୍ୟାଳୟ ପରିସରରେ ବୃକ୍ଷରୋପଣ କାର୍ଯ୍ୟକ୍ରମ ସାଙ୍ଗକୁ ଆବାସିକ ଛାତ୍ରମାନଙ୍କୁ ଜଳପାନ ପୁଡ଼ିଆ ବଣ୍ଟନ କରାଯାଇଥିଲା। ଅନ୍ୟମାନଙ୍କ ମଧ୍ୟରେ ସମର୍ପଣ ଚାରିଟେବୁଲ ଟ୍ରଷ୍ଟର ଅବିନାଶ ପୁଆଳ, ରଣଜିତ୍ କୁମାର ପୃଷ୍ଟିଙ୍କ ସମେତ ଅନେତ କର୍ମକର୍ତ୍ତା ଉପସ୍ଥିତ ଥିଲେ। ଆଗାମୀ ଦିନରେ ହେବାକୁ ଥିବା ବିଦ୍ୟାଳୟର ଉନ୍ନତିମୂଳକ କାର୍ଯ୍ୟ ବିଷୟରେ ଅନୁଷ୍ଠାନର ଅଧ୍ୟକ୍ଷା ସଂଯୁକ୍ତା ରାଣୀ ବେହେରା କର୍ତ୍ତୃପକ୍ଷଙ୍କ ସହ ଆଲୋଚନା କରିଥିଲେ।



## ଦ୍ୱନ୍ଦ୍ୱ ଦୂର ପାଇଁ ନିର୍ଦ୍ଦେଶ ହେଉ: ୧୦୦ ଓ ୧୦୧କୁ ନେଇ ଦ୍ୱନ୍ଦ୍ୱରେ ବିଦ୍ୟାର୍ଥୀ

ଭୁବନେଶ୍ୱର (ପିଏନ୍): ଜରୁରୀକାଳୀନ ସେବା ପାଇଁ ବ୍ୟବହାର କରାଯାଉଥିବା ୧୦୦ ଓ ୧୦୧ ନମ୍ବରକୁ ନେଇ ଏବେ ଦ୍ୱନ୍ଦ୍ୱରେ ବିଦ୍ୟାର୍ଥୀ। ଆଉ କାମ କରୁନି ଏହି ନମ୍ବର। କିନ୍ତୁ ସରକାରୀ ଓ କିଛି ବେସରକାରୀ ବିଦ୍ୟାଳୟରେ ତୃତୀୟ ଶ୍ରେଣୀରେ ଛାତ୍ରଛାତ୍ରୀଙ୍କୁ ପାଠ ପଢାଯାଉଥିବା 'ଜଣା ଅଜଣା' ବହିରେ ଏ ନେଇ ଦୁଇଟି ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗ ରହିଛି। ଏହାକୁ ନେଇ ଏବେ ଦ୍ୱନ୍ଦ୍ୱରେ ଶିକ୍ଷକ, ବିଦ୍ୟାର୍ଥୀ ଓ ଅଭିଭାବକ। ସୂଚନାଯୋଗ୍ୟ, ଡ଼ିସେମ୍ବର ୨ ତାରିଖ, ୨୦୨୦ ମସିହାରେ ଆମ ରାଜ୍ୟରେ ଜନସାଧାରଣଙ୍କ ସୁବିଧା ତଥା ତ୍ୱରିତ ସେବା ଯୋଗାଣକୁ ଦୃଷ୍ଟିରେ ରଖି ସରକାର ବିଭିନ୍ନ ଜରୁରୀକାଳୀନ ସହାୟତା ନମ୍ବର ଯଥା-୧୦୦, ୧୦୧, ୧୦୨, ୧୦୪, ୧୦୮, ୧୮୧କୁ ଏକତ୍ରିତ କରି ଗୋଟିଏ ନମ୍ବର '୧୧୨' କାର୍ଯ୍ୟକାରୀ କରିଛନ୍ତି। ସେ ପୋଲିସ୍ ସେବା ହେଉ କି ଦମକଳ ସେବା ଇତ୍ୟାଦି ହେଉ। ଅଦ୍ୟାବଧି ଏ ନେଇ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ, ଓଡ଼ିଶା ସରକାରଙ୍କ ପକ୍ଷରୁ ରାଜ୍ୟର କୌଣସି ବିଦ୍ୟାଳୟକୁ ଏ ସମ୍ପର୍କରେ ସାମାନ୍ୟ ସୂଚନାଟିଏ ମଧ୍ୟ ନାହିଁ। ଯଦ୍ୱାରା ବିଦ୍ୟାର୍ଥୀ, ଅଭିଭାବକ ଏବଂ ଶିକ୍ଷକ ପଡୁଛନ୍ତି ଦ୍ୱନ୍ଦ୍ୱରେ। ପରୀକ୍ଷାରେ ଏ ସମ୍ପର୍କିତ ପ୍ରଶ୍ନ ଆସିଲେ, ଏ ସମ୍ପର୍କରେ ଏକ ଘରୋଇ ବିଦ୍ୟାଳୟର ଶିକ୍ଷକ କୁହନ୍ତି ବିଦ୍ୟାର୍ଥୀ ୧୦୦/୧୦୧ ଲେଖିଲେ ଆମେ ନମ୍ବର ଦେଉଛୁ। ୧୧୨ ଲେଖିଲେ ବି ନମ୍ବର ଦେବୁ। ଯେପର୍ଯ୍ୟନ୍ତ ପାଠ୍ୟପୁସ୍ତକ ସଂଶୋଧନ ହୋଇ ଆସିନାହିଁ ଆମେ ବା କ'ଣ କରିପାରିବୁ। ଯଦି କୌଣସି ବିଦ୍ୟାର୍ଥୀର ଏ ନେଇ ନମ୍ବର କାଟିଲୁ ଅଭିଭାବକମାନେ ବିଦ୍ୟାଳୟକୁ ଆସି କାହିଁକି ନମ୍ବର କାଟିଲେ କହି ଆମ ସହିତ ଝଗଡ଼ା କରୁଛନ୍ତି। ଏଠାରେ ଉଲ୍ଲେଖଯୋଗ୍ୟ, ଏହି ପାଠ୍ୟପୁସ୍ତକରେ ପାଠ ଦ୍ୱିତୀୟ ଭାଗରେ ଶୃଙ୍ଖଳା ପ୍ରହରୀ ଓ ଦମକଳ କେନ୍ଦ୍ର ନାମରେ ରହିଛି ଦୁଇଟି ପ୍ରସଙ୍ଗ। ପ୍ରଥମ ପ୍ରସଙ୍ଗର ପୃଷ୍ଠା ୨୩ରେ ନାଲି ରଙ୍ଗରେ ଉଲ୍ଲେଖ ରହିଛି ପୋଲିସ୍ ଥାନାର ଟେଲିଫୋନ୍ ନମ୍ବର ହେଲା ୧୦୦। ସେହିପରି ଦ୍ୱିତୀୟ ପ୍ରସଙ୍ଗର ପୃଷ୍ଠା ୨୬ରେ ରହିଛି ଦମକଳ କେନ୍ଦ୍ରର ଫୋନ୍ ନମ୍ବର ହେଲା ୧୦୧। ଏ ଦୁଇଟି ନମ୍ବର ଜରୁରୀକାଳୀନ ପୋଲିସ୍ ଓ ଦମକଳ ସେବା ପାଇଁ ଉଦ୍ଦିଷ୍ଟ ବୋଲି ଏହା ହିଁ ଏଠାରେ ଉଲ୍ଲେଖ କରିବାର ଥିଲା। ଏବେ ତ ଏକକ ନମ୍ବର ୧୧୨ ସମ୍ପର୍କରେ ନୂତନ ସଂସ୍କରଣରେ ସ୍ଥାନିତ ହେବା ପର୍ଯ୍ୟନ୍ତ, ଅନ୍ତତଃ ଶିକ୍ଷକ/ ଶିକ୍ଷୟିତ୍ରୀମାନଙ୍କୁ ପାଠ୍ୟପୁସ୍ତକରେ ରହିଥିବା ଏ ଦ୍ୱନ୍ଦ୍ୱକୁ ଦୂର କରି ବିଦ୍ୟାର୍ଥୀମାନଙ୍କୁ ଏ ସମ୍ପର୍କରେ ସଚେତନ କରିବା ଲାଗି ଏକ ନିର୍ଦ୍ଦେଶନାମା ବିଭାଗୀୟ ଉଚ୍ଚ କର୍ତ୍ତୃପକ୍ଷ ଜାରି କରନ୍ତୁ ବୋଲି ସାମାଜିକ କର୍ମୀ ସୁଶାନ୍ତ ସାହୁ ଏହି ମର୍ମରେ ଏକ ପ୍ରେସ୍ ବିବୃତ୍ତିରେ ଦାବି କରିଛନ୍ତି।




# ରାଇରଙ୍ଗପୁର ଫ୍ରେଣ୍ଡସ୍ କର୍ଣ୍ଣର ସପିଂ ମଲରେ ଅଗ୍ନିକାଣ୍ଡ : ୨କୋଟିରୁ ଅଧିକ ମୂଲ୍ୟର ସମ୍ପତି ନଷ୍ଟ

ବାରିପଦା, (ପିଏନ)- ମୟୂରଭଞ୍ଜ ଜିଲ୍ଲା ରାଇରଙ୍ଗପୁର ପୌରପରିଷଦର ବଜାର ଗୋଲେଇ ଛକ ନିକଟରେ ଥିବା ଫ୍ରେଣ୍ଡସ୍ କର୍ଣ୍ଣର ସପିଂ ମଲରେ ଗତ ବୁଧବାର ରାତି ପ୍ରାୟ ୩ଟା ପାଖାପାଖି ଅଗ୍ନିକାଣ୍ଡ ଘଟିଥିଲା । ଖବର ପାଇ ବାମନଘାଟି ଉପଖଣ୍ଡସ୍ଥିତ ଏକ ଦମକଳ ଗାଡ଼ି ୪ଟା ପାଖାପାଖି ପହଁଚି ନିଆଁକୁ ଆୟତ କରିବାକୁ ଉଦ୍ୟମ ଚଳାଇଥିବା ସମୟରେ ଗାଡ଼ିରେ ପାଣି ଶେଷ ହୋଇଯାଇଥିଲା । ଏହାପରେ ଅନ୍ୟ ଗାଡ଼ିଗୁଡ଼ିକ ପହଁଚିବା ନିମନ୍ତେ ପ୍ରାୟ ଏକ ଘଂଟାରୁ ଅଧିକ ବିଳମ୍ବ କରିଦେଇଥିବାରୁ ନିଆଁ ସମସ୍ତ ଚାରିଆଡ଼େ ମାଡ଼ି ଯାଇଥିଲା । ପରବର୍ତି ସମୟରେ ପ୍ରାୟ ୯ରୁ ଅଧିକ ଦମକଳ ଗାଡ଼ି ଘଟଣାସ୍ଥଳରେ ପହଁଚି ନିଆଁକୁ ଆୟତ କରିବା ନିମନ୍ତେ ଆପ୍ରାଣ ଉଦ୍ୟମ ଚଳାଇଥିଲେ । ପ୍ରାୟ ୫ ଘଂଟାରୁ ଅଧିକ ସମୟ ଧରି ଅଗ୍ନିଶମ ବିଭାଗର କର୍ମଚାରୀମାନଙ୍କ ମିଳିତ ଉଦ୍ୟମ ପରେ ନିଆଁକୁ ଆୟତ କରାଯାଇ ପାରିଥିଲା । ସପିଂ ମଲରେ ଥିବା ଫ୍ରେଣ୍ଡସ୍ କର୍ଣ୍ଣର, ଫ୍ରେଣ୍ଡସ୍ ଏମ୍ପୋରିଆଲ, ଫ୍ରେଣ୍ଡସ୍ ଡ଼ିପାଟମେଂଟାଲ, ଫ୍ରେଣ୍ଡସ୍ ୟୁଟିଲିଟି ଓ ଫ୍ରେଣ୍ଡସ୍ ଗାର୍ମେଂଟ ଆଦି ୫-ଟି ବ୍ୟବସାୟ ପ୍ରତିଷ୍ଠାନରେ ଥିବା ଷ୍ଟେସନାରୀ ଓ ଗିଫ୍ଟ ସାମଗ୍ରୀ, କପଡ଼ା, ଇଲେକ୍ଟ୍ରୋନିକ୍ସ ସାମଗ୍ରୀ, ଫ୍ରିଜ୍, ଟିଭି, ମୋବାଇଲ ଆଦି ସମସ୍ତ ଜିଲିଷପତ୍ର ସହ ଆସବାବପତ୍ର ପୋଡ଼ି ସମ୍ପୂର୍ଣ୍ଣ ନଷ୍ଟ ହେବା ସହିତ ସପିଂ ମଲ୍ କୋଠାଟି ପୋଡ଼ି ଯାଇଥିଲା । ଫଳରେ ମଲରେ ଥିବା ରତନ ରାମ, ମନୋହର ରାମ, ଉମେଶ ରାମ, ଅଜୟ ରାମ ଓ ରିତେଶ ରାମ ପ୍ରମୁଖ ବ୍ୟବସାୟୀମାନଙ୍କର ପ୍ରାୟ ୨ କୋଟିରୁ ଅଧିକ ମୂଲ୍ୟର ଜିନିଷପତ୍ର ଓ ଆସବାବପତ୍ରଗୁଡ଼ିକ ଆଖି ସମ୍ମୁଖରେ ପୋଡ଼ି ପାଉଁଶ ପାଲଟି ଯାଇଥିଲା ।

# ବର୍ଷୀୟାନ କବି କୃଷ୍ଣଚନ୍ଦ୍ର ତ୍ରିପାଠୀଙ୍କ ୭୭ତମ ଜନ୍ମଦିନ ପାଳିତ

ବ୍ରହ୍ମପୁର,(ପି.ଏନ): ଓଡ଼ିଶାର ଲବ୍ଧ ପ୍ରତିଷ୍ଠିତ ସାହିତ୍ୟିକ କବି, ନାଟ୍ୟକାର ତଥା ନବୀନ ସାହିତ୍ୟ ପ୍ରତିଷ୍ଠାନର କାର୍ଯ୍ୟକାରୀ ସଭାପତି କୃଷ୍ଣ ଚନ୍ଦ୍ର ତ୍ରିପାଠୀଙ୍କ ୭୭ତମ ଜନ୍ମଦିନ ପାଳିତ ହୋଇଯାଇଛି । ଏହି ଅବସରରେ ବ୍ରହ୍ମପୁର ହାରା ଫାଉଣ୍ଡେସନ ତରଫରୁ ନର ନାରାୟଣ ସେବା ବିଭିନ୍ନ ମନ୍ଦିରରେ ଅନୁଷ୍ଠିତ ହୋଇଥିଲା । ଶ୍ରୀ ତ୍ରିପାଠୀଙ୍କ ଦୀର୍ଘ ନିରାମୟ ଜୀବନ ଯାପନ ନିମନ୍ତେ ରାମଚନ୍ଦ୍ରପୁରୁ ସ୍ଥିତ ଲକ୍ଷ୍ମୀ ନୃସିଂହ ମନ୍ଦିରରେ ଶତାଧିକ ଦୀପ ପ୍ରଜ୍ୱଳନ କରାଯାଇଥିଲା । ସନ୍ଧ୍ୟାରେ ଖୋଡା ସିଂ ବାସୁଦେବ ନଗର ଠାରେ ଏକ ବନ୍ଧୁମିଳନ କାର୍ଯ୍ୟକ୍ରମ ନବୀନର ସମ୍ପାଦକ ତଥା ବରିଷ୍ଠ ସାମ୍ବାଦିକ ରବି ରଥଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଥିଲା । ଏଥିରେ ବହୁ କବି, ଶିକ୍ଷାବିତ ଓ ସମାଜସେବୀ ଯୋଗଦେଇ କବି ତ୍ରିପାଠୀଙ୍କ ବହୁମୁଖୀ ବ୍ୟକ୍ତିତ୍ୱ ଉପରେ ଆଲୋଚନା କରିଥିଲେ । ଏହି ଅବସରରେ ପୂର୍ବତନ କୁଳପତି ମନ୍ମଥ ପାଢ଼ୀ, ଜଗନ୍ନାଥ ସଂସ୍କୃତି ଗବେଷକ କୃଷ୍ଣ କେଶବ ଷଡଙ୍ଗୀ, ଆଲୋଚକ କୁଳମଣି ଓଝା, ପ୍ରଫେସର ବାଉରୀ ବନ୍ଧୁ ସାହୁ, ପ୍ରଫେସର ବିଷ୍ଣୁ ଚୌଧୁରୀ, ପ୍ରକାଶ ଚନ୍ଦ୍ର ପାଣିଗ୍ରାହୀ, କବି ସୁଶାନ୍ତ କର, ବୈଷ୍ଣବ ଦାସ, ଡଃ ଅନନ୍ତ ରାମ କର, ରାଇରଞ୍ଜନ ନନ୍ଦ, ଦେବାଶିଷ ସ୍ୱାଇଁ, କମାରାଜୁ ମହାରଣା, ଶ୍ୟାମ ପ୍ରସାଦ ମିଶ୍ର, ପ୍ରମୋଦ କୁମାର ପଣ୍ଡା, ବଂଶୀଧର ସେଠୀ, ପ୍ରବଚକ ଶ୍ରୀଧର ଦାସ, ସୁରଞ୍ଜନ ହୋତା, କେ. ସୁମିତା ପାତ୍ର, ମୂରଲୀଧର ନନ୍ଦ, କୁଳମଣି ସାହୁ, ରାଧାଶ୍ୟାମ ପଣ୍ଡା, ମାନସ ରଞ୍ଜନ ତ୍ରିପାଠୀ, ଡ଼ାକ୍ତର ସାଗର ରଞ୍ଜନ ତ୍ରିପାଠୀ, ପ୍ରଫୁଲ୍ଲ ଚନ୍ଦ୍ର ଦାସ, ପବିତ୍ର ମହରଥା, ସମର୍ଜିତ ମହାନ୍ତି, ନବୀନର



ପ୍ରକାଶିକା ମଞ୍ଜୁ ରଥ, ସୁଖେନ୍ଦୁ କୁମାର ଦାସ, ପଣ୍ଡିତ ପ୍ରଶାନ୍ତ ରଥ, ଅଧିବକ୍ତା ପୂର୍ଣ୍ଣ ଚନ୍ଦ୍ର ମିଶ୍ର, ଭଞ୍ଜ ସାହିତ୍ୟ ଗବେଷକ ପାର୍ଥ ସାରଥି, ଡ଼ଃ ଲମ୍ବୋଦର ପାଣିଗ୍ରାହୀ, ମନୋରଞ୍ଜନ ବିଷୋୟୀ, ପ୍ରଶାନ୍ତ ମହାନ୍ତି, ଜ୍ୟୋତ୍ସ୍ନା ରାଣୀ ଦେବୀ, କବି ସୁଶାନ୍ତ ଦାସ, ରାଜ କିଶୋର ଦାସ, ହରି ହର ପାତ୍ର, ପୂର୍ଣ୍ଣ ଚନ୍ଦ୍ର ରଥ, ପ୍ରଭାକର ପଣ୍ଡା, ମନୋଜ କୁମାର ସାହୁ, ମୁରଲୀ ଧର ନନ୍ଦ, ଲିଙ୍ଗରାଜ ନାହାକ, ଡାକ୍ତର ନଳିନୀ ମହାନ୍ତି, ପଣ୍ଡିତ ଚନ୍ଦ୍ର ମଣି ଦାସ, ମୋହନ ଦାଶ, ଦୁର୍ଗା ମାଧବ ପାଣିଗ୍ରାହୀ, ପବିତ୍ର କୁମାର ନାୟକ, ଶ୍ୟାମ ସୁନ୍ଦର ସାହୁ, ଅଶୋକ କୁମାର ମହାନ୍ତି, କବି ହୃଷୀକେଶ ଦାସ, ସୁଧାଞ୍ଜଳି ମିଶ୍ର, ମିହିର ତ୍ରିପାଠୀ, ସଞ୍ଜୟ କୁମାର ଷଡଙ୍ଗୀ, ଯାମିନି କାନ୍ତ ଦାସ, ବାଳକୃଷ୍ଣ ସାମନ୍ତରା, କମଳ ଲୋଚନ ପଣ୍ଡା, ପଦ୍ମିନୀ ମିଶ୍ର, ରମେଶ ଚନ୍ଦ୍ର ମିଶ୍ର, ହେମାଙ୍ଗ ପ୍ରସାଦ ରାଉଳ, ମମତା ବିଷୋୟୀ, ରାଜେନ୍ଦ୍ର ପଣ୍ଡା, ସିମା ଳ ହୋତା, ସତ୍ୟବାନ ପଣ୍ଡା, ଗୋପାଳ ରେଡ୍ଡୀ, ଜ୍ୟୋତି ରଞ୍ଜନ ଆଚ୍ଚରି, କେ. ସନ୍ତୋଷ ପାତ୍ର, ମନୋଜ ଘଡ଼େଇ , ପଣ୍ଡିତ ସୂର୍ଯ୍ୟ ନାରାୟଣ ଦାସ, ଭକ୍ତରାମ ପଣ୍ଡାଙ୍କ ସମେତ ଶତାଧିକ ଗୁଣଗ୍ରାହି ବ୍ୟକ୍ତି କବି ତ୍ରିପାଠୀଙ୍କୁ ଶୁଭେଚ୍ଛା ଜଣାଇବା ସହ ଦୀର୍ଘ ନିରୋଗ ଜୀବନ କାମନା କରିଥିଲେ ।

# ଜନଶକ୍ତି ପାର୍ଟି ପକ୍ଷରୁ ରାଜ୍ୟପାଳଙ୍କ ଉଦ୍ଦେଶ୍ୟରେ ସ୍ମାରକ ପତ୍ର

କେନ୍ଦ୍ରାପଡା (ପିଏନ)- ଜନଶକ୍ତି ପାର୍ଟି ପକ୍ଷରୁ କରୋନା ମହାମାରୀ ସମୟରେ ରାଜ୍ୟରେ ସ୍ୱାସ୍ଥ୍ୟସେବା ବିପର୍ଯ୍ୟସ୍ଥ ହୋଇ ପଡିଥିବା ଅଭିଯୋଗ କରାଯାଇଛି । ଉଦାହରଣ ସ୍ୱରୂପ କେନ୍ଦ୍ରାପଡା ସରକାରୀ ଡାକ୍ତରଖାନାରେ ୬୨ ଟି ଡାକ୍ତର ପଦବୀ ମଧ୍ୟରୁ ମାତ୍ର ୨୩ ଜଣ ଡାକ୍ତର ଅଛନ୍ତି । ଅନେକ ସମୟରେ ଡାକ୍ତରମାନେ ବେସରକାରୀ ଭାବେ ଚିକିତ୍ସା କରୁଥିବାରୁ ଗରିବ ଅସହାୟ ଲୋକ ମାନଙ୍କୁ ପ୍ରକୃତ ଚିକିତ୍ସା କରାନଯାଇ କଟକ ବଡ ଡାକ୍ତରଖାନାକୁ ପଠାଇ ଦିଆଯାଉଛି । ଗରିବ ଲୋକଟି ଆମ୍ବୁଲାନସ ସୁବିଧାରୁ ମଧ୍ୟ ବଂଚିତ ହେଉଛି । ସେହିପରି କେନ୍ଦ୍ରାପଡା ସରକାରୀ ଡାକ୍ତରଖାନାରେ ପର୍ଯ୍ୟାପ୍ତ ସଂଖ୍ୟକ ବେଡ ନାହିଁ ଏବଂ ଯାହା କିଛି ଅଛି ତାହା ସମ୍ପୂର୍ଣ୍ଣ ଭାବେ ପୁରୁଣା ଓ ନଷ୍ଟ ହୋଇ ଯାଇଛି । ୨.୯୦ କି.ମି ବାଟ ଟ୍ରଲିରେ ବୁହା ହୋଇ ଆସିଥିବା ଅସହାୟ ମହିଳାଙ୍କ ମୃତ୍ୟୁର ପ୍ରକୃତ ତଦନ୍ତ କରାଗଲେ ଓଡିଶାରେ ସ୍ୱାସ୍ଥ୍ୟସେବାର ପ୍ରକୃତ ଚିତ୍ର ପଦାକୁ ଆସିପାରିବ । ସେହି ପରିବାରର ଜଣଙ୍କୁ ସରକାରୀ ଚାକିରୀ ପ୍ରଦାନ କରାଯାଉ । ଓଡିଶାରେ ବିଭିନ୍ନ ଖାଉଟି ସାମଗ୍ରୀ ଓ ପନିପରିବାର ଅହେତୁକ ଦର ବୃଦ୍ଧି ଜନ ସମାଜକୁ ବ୍ୟଥିତ କରୁଛି । ଏହାର ନିରାକରଣ ନିମନ୍ତେ ଉଚିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ବୋଲି ଜନଶକ୍ତି ପାର୍ଟି ପକ୍ଷରୁ ଦାବୀ କରାଯାଇଛି । ଜନଶକ୍ତି ପାର୍ଟିର ରାଜ୍ୟ ସଭାପତି ଆଡଭୋକେଟ ପ୍ରଦୀପ କୁମାର ଦାଶ ରାଜ୍ୟପାଳଙ୍କ ଉଦ୍ଦେଶ୍ୟରେ ଏକ ସ୍ମାରକ ପତ୍ର ସହକାରୀ ଜିଲ୍ଲାପାଳ ଶିବ ମଲ୍ଲିକଙ୍କୁ ପ୍ରଦାନ କରିଛନ୍ତି ।

# ଚୋରୀ ମାମଲାରେ ଜିଲ୍ଲା ପୋଲିସର ସ୍ୱତନ୍ତ୍ର ସ୍କ୍ୱାର୍ଡ ଜଣକୁ ଉଠାଇନେଇଛି

କେନ୍ଦ୍ରାପଡା, (ପିଏନ)- କେନ୍ଦ୍ରାପଡା ସହରର ସଟରତାଡି ଚୋରୀ କରିବା ଓ ମହିଳା ବିଜେଡି ସଭାନେତ୍ରୀଙ୍କ ଘରୁ ଝରକା ରେଲିଂ ତାଡି ଚୋରୀ କରିବା ଘଟଣାରେ ଜିଲ୍ଲା ପୋଲିସର ସ୍ୱତନ୍ତ୍ର ସ୍କ୍ୱାର୍ଡ ଜଣକୁ ସନ୍ଦେହରେ ଉଠାଇ ନେଇ କୌଣସି ଏକ ଅଜଣା ସ୍ଥାନରେ ରଖି ପଚରାଉଚୁରା କରୁଥିବା ଜଣାପଡିଛି । ପୋଲିସ ଉଠାଇ ନେଇଥିବା ସଂପୃକ୍ତ ବ୍ୟକ୍ତି ହେଉଛନ୍ତି ଟାଉନ ଥାନା ଅନ୍ତର୍ଗତ ରଣପଡା ଗ୍ରାମର ସେକ ବାବୁ ।

# ଓଡ଼ିଶା ସରକାରଙ୍କ ବିଶ୍ୱବିଦ୍ୟାଳୟ ସଂସ୍କାର ବିରୋଧରେ ପ୍ରଧାନମନ୍ତ୍ରୀଙ୍କୁ ସ୍ମାରକପତ୍ର ପ୍ରଦାନ

ବାରିପଦା, (ପିଏନ)- ଓଡ଼ିଶାରେ ବିଶ୍ୱବିଦ୍ୟାଳୟଗୁଡ଼ିକରେ ସଂସ୍କାର ଆଣିବା ନିମନ୍ତେ ଗତ ସେପ୍ଟେମ୍ବର ୪ରେ ପ୍ରକାଶିତ ଅଧ୍ୟାଦେଶ ସଂଖ୍ୟା ୮୨୧୯-ଆଇ-ଲେଗିସି- ୩୫/ ୨୦୨୦/ ଏଲକୁ ବିରୋଧ କରି ମୟୂରଭଞ୍ଜ ସିଟିଜେନ ଫୋରମ୍, ମୟୂରଭଞ୍ଜ ସାହିତ୍ୟ ପରିଷଦ ପ୍ରମୁଖ ସଙ୍ଗଠନ ସହ ଜିଲ୍ଲାର ବୁଦ୍ଧିଜୀବୀଗଣ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ଦୃଷ୍ଟି ଆକର୍ଷଣ ନିମନ୍ତେ ଏକ ସ୍ମାରକପତ୍ର ପ୍ରଦାନ କରିଛନ୍ତି । ପ୍ରକାଶିତ ଅଧ୍ୟାଦେଶ ଅନୁଯାୟୀ ରାଜ୍ୟରେ ଥିବା ସମସ୍ତ ବିଶ୍ୱବିଦ୍ୟାଳୟଗୁଡ଼ିକରେ ଶିକ୍ଷକ ନିଯୁକ୍ତି ଏଣିକି ବିଶ୍ୱବିଦ୍ୟାଳୟ ସ୍ତରରେ କୁଳପତିଙ୍କ ଅଧ୍ୟକ୍ଷତାରେ ନହୋଇ ଓଡ଼ିଶା ପବ୍ଲିକ ସର୍ଭିସ୍ କମିଶନଙ୍କ ଦ୍ୱାରା କରାଯିବ । ଯାହାକୁ ନେଇ ବିବାଦ ଦେଖାଦେଇଛି । ବିଶ୍ୱବିଦ୍ୟାଳୟ ଏକ ସ୍ୱୟଂଚାଳିତ ଶିକ୍ଷା ଅନୁଷ୍ଠାନ । ଉହା ଉଭୟ ରାଜ୍ୟ ଓ କେନ୍ଦ୍ର ସରକାରଙ୍କ ଆର୍ଥିକ ସହଯୋଗରେ ପରିଚାଳିତ ହୋଇଥାଏ । ଏହାର ଆସିଷ୍ଟାଂଟ ପ୍ରଫେସର, ଆସୋସିଏଟ ପ୍ରଫେସର, ପ୍ରଫେସର ନିଯୁକ୍ତି ପ୍ରକ୍ରିୟା ଭାରତ ସରକାରଙ୍କ ସ୍ୱତନ୍ତ୍ର ଅନୁଷ୍ଠାନ ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ(ୟୁଜିସି)ର ନିର୍ଦ୍ଦିଷ୍ଟ ନୀତି, ମାର୍ଗଦର୍ଶୀକା ଅନୁଯାୟୀ ହୋଇଥାଏ । ସେହିପରି ବିଶ୍ୱବିଦ୍ୟାଳୟଗୁଡ଼ିକରେ ଶିକ୍ଷକମାନଙ୍କର ଚାକିରୀରୁ ଅବସର, ପଦୋନ୍ନତି, ପରିତ୍ୟାଗ, ବୀଦେଶ ଗମନ, ଅନ୍ୟ ବିଶ୍ୱବିଦ୍ୟାଳୟରେ ଯୋଗଦାନ ଆଦି କାରଣରୁ ପ୍ରତ୍ୟେକ ବର୍ଷ ବହୁ ପଦବୀ ଖାଲିପଡ଼ିଥାଏ । ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ ନୀତି ଓ ମାର୍ଗଦର୍ଶୀକା ଅନୁଯାୟୀ ସମ୍ପୃକ୍ତ ବିଶ୍ୱବିଦ୍ୟାଳୟରେ କୁଳପତିଙ୍କ ଅଧ୍ୟକ୍ଷତାରେ ପରିଚାଳିତ ଶିକ୍ଷକ ନିଯୁକ୍ତି ଚୟନ କମିଟି ତତ୍କାଳ ଏହାର ନିଯୁକ୍ତି ପ୍ରକ୍ରିୟା ଶେଷ କରି ବିଶ୍ୱବିଦ୍ୟାଳୟର ଶୈକ୍ଷିକ ଓ ଗବେଷଣା ବାତାବରଣକୁ ରକ୍ଷା କରିପାରିଥାଏ । ବିଶ୍ୱବିଦ୍ୟାଳୟ ସମାଜର ସର୍ବୋଚ୍ଚ ସମ୍ମାନୀୟ ଜ୍ଞାନ ଓ ଗବେଷଣାର ପବିତ୍ର କ୍ଷେତ୍ର ହୋଇଥିବା ସମୟରେ କୁଳପତି ମଧ୍ୟ ସର୍ବୋଚ୍ଚ ସମ୍ମାନୀୟ ବ୍ୟକ୍ତି ଅଟନ୍ତି । ବିଶ୍ୱବିଦ୍ୟାଳୟମାନଙ୍କରେ ଶିକ୍ଷକ ନିଯୁକ୍ତି ପ୍ରକ୍ରିୟା ଓଡ଼ିଶା ପବ୍ଲକି ସାର୍ଭିସ କମିଶନଙ୍କ ଦ୍ୱାରା ପରିଚାଳିତ ହେଲେ ଖୋଲା ଖୋଲି ଭାବରେ ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ(ୟୁଜିସି)ର ଶିକ୍ଷକ ନିଯୁକ୍ତି ପ୍ରକ୍ରିୟାର ନୀତି ଓ ମାର୍ଗଦର୍ଶୀକାକୁ ଉଲ୍ଲଙ୍ଘନ କରାଇବ । ପୁଣି ଓପିଏସସି ଦ୍ୱାରା ନିଯୁକ୍ତି ପ୍ରକ୍ରିୟା ଶେଷ କରିବା ଅସମ୍ଭବ ଅଟେ । ଫଳରେ ଶିକ୍ଷକ ଅଭାବ ଜନିତ ପରିସ୍ଥିତି ହେତୁ ବିଶ୍ୱବିଦ୍ୟାଳୟର ଶୈକ୍ଷିକ ଓ ଗବେଷଣା କ୍ଷେତ୍ରରେ ବିଭିନ୍ନ ସମସ୍ୟା ସୃଷ୍ଟିହେବା ସାଙ୍ଗକୁ ଅଶାନ୍ତ ବାତାବରଣର କାରଣ ପାଲଟି ଯିବ । ପୁଣି କୁଳପତି ପରି ସର୍ବୋଚ୍ଚ ପଦବୀର ଅମର୍ଯ୍ୟାଦା ହୋଇ ତାହା ପ୍ରଶାସନ ଓ ଅମଲାତନ୍ତ୍ରର ଖେଳନା ହୋଇଯିବ । ଏଥି ସହିତ ବିଶ୍ୱବିଦ୍ୟାଳୟର ଚରମ ଅଧୋଗତି ହେବ ବୋଲି ଦର୍ଶାଇ ମୟୁରଭଞ୍ଜ ସିଟିଜେନ ଫୋରମ ସଭାପତି ପୂର୍ଣ୍ଣଚନ୍ଦ୍ର ବୁଗୁଡ଼େଇ, ଓଡ଼ିଆ ଜାଗରଣ ମଂଚର ସଭାପତି ଶରତ ଚନ୍ଦ୍ର ନାୟକ, ମୟୂରଭଞ୍ଜ ସାହିତ୍ୟ ପରିଷଦର ସଭାପତି ପଦ୍ମନାଭ ସାହୁ ପ୍ରମୁଖଙ୍କ ସମେତ ଜିଲ୍ଲାରୁ ବହୁ ମାନ୍ୟଗଣ୍ୟ ବ୍ୟକ୍ତି, ବୁଦ୍ଧିଜୀବୀ ସ୍ୱାକ୍ଷର ସମ୍ବଳିତ ଏକ ସ୍ମାରକପତ୍ର ପ୍ରଧାନମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ପ୍ରଦାନ କରିଥିବା ବେଳେ ଏହାର ନକଲ ଭାରତ ସରକାରଙ୍କ ଶିକ୍ଷାମନ୍ତ୍ରୀ, ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗର ଚେୟାରମ୍ୟାନ ଓ ସେକ୍ରେଟେରୀ, ଓଡ଼ିଶା ରାଜ୍ୟପାଳ, ମୁଖ୍ୟମନ୍ତ୍ରୀ, ଓଡ଼ିଶା ସରକାରଙ୍କ ଉଚ୍ଚଶିକ୍ଷା ମନ୍ତ୍ରୀ, ମୟୂରଭଞ୍ଜ ଲୋକସଭା ସାଂସଦ ପ୍ରମୁଖଙ୍କୁ ପ୍ରଦାନ କରାଯାଇଛି ।

# ବିଜୁଳି ଓ ରାସ୍ତାରୁ ବଂଚିତ ଚନ୍ଦନପୁର ଜେନାସାହି ଗ୍ରାମବାସୀ

## ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଆଗରେ ଧାରଣା ଦେବାକୁ ଚେତାବନୀ

କେନ୍ଦ୍ରାପଡା, (ପିଏନ)- ସ୍ୱାଧିନତାର ୭୪ ବର୍ଷ ପରେ ମଧ ଗ୍ରାମବାସୀ ମାନେ ଗାଁକୁ ଯିବାକୁ ରାସ୍ତା ପାଉ ନଥିବା ବେଳେ ଗ୍ରାମ୍ୟ ବିଦ୍ୟୁତକରଣ ଯୋଜନା ସାତ ସପନ ହୋଇ ରହିଛି । ରାସ୍ତା ନଥିବାରୁ ବର୍ଷ ସାରା ପାଣି କାଦୁଅରେ ପଶି ବିଲ ଭିତରେ ନିଜ ଘରକୁ ଯାଉଥିବା ଭଳି ଏକ ବାସ୍ତବ ଚିତ୍ର କେନ୍ଦ୍ରାପଡା ବ୍ଲକ ଅଧିନ କଂସାର ପଂଚାୟତର ଚନ୍ଦନପୁର ଗ୍ରାମର ଜେନାସାହିରେ ଦେଖିବାକୁ ମିଳୁଛି । ଚନ୍ଦନପୁର ଗ୍ରାମର ପଡା ଗ୍ରାମରେ ରହୁଥିବା ପ୍ରାୟ ୨୦ଟି ପରିବାର ରାସ୍ତା ଓ ଆଲୋକ ପାଇଁ ଅଭିଶପ୍ତ ଜୀବନ ବିତାଉଥିବା ଗ୍ରାମବାସୀ ମାନେ ଅଭିଯୋଗ କରିଛନ୍ତି । କେନ୍ଦ୍ରାପଡା ଟାଉନରୁ ମାତ୍ର ୭ କିମି ଦୂରରେ ଅବସ୍ଥିତ ଏହି ଗ୍ରାମର ଅବସ୍ଥା ଆଖିରେ ନଦେଖିଲେ ବିଶ୍ୱାସ କରିହେବ ନାହିଁ । ନିର୍ବାଚନ ସମୟରେ ଭୋଟ୍ ପାଇଁ ପ୍ରଚାର କରିବାକୁ ଆସୁଥିବା ନେତା ମାନେ ରାସ୍ତା ଏବଂ ଆଲୁଅ ଯୋଗାଇ ଦେବା ପାଇଁ ପ୍ରତିଥର ଗ୍ରାମବାସୀଙ୍କୁ ପ୍ରତିଶୃତି ଦେଉଥିଲେ ମଧ ଏପର୍ଯ୍ୟନ୍ତ ତାହା ପାଣିର ଗାର ହୋଇ ରହିଛି । ସ୍ଥାନୀୟ ସରପଂଚ ପ୍ରଦ୍ୟୁମ୍ନ ଜେନା ଏହି ସମସ୍ୟାର ସମାଧାନ ପାଇଁ ବାରମ୍ବାର ଉଦ୍ୟମ କରିଥିଲେ ମଧ ବ୍ଲକ ପ୍ରଶାସନ, ଜିଲ୍ଲା ପ୍ରଶାସନ ଓ ବିଦ୍ୟୁତ୍ ବିଭାଗର ଅସହଯୋଗ କାରଣରୁ ସ୍ଥାନୀୟ ବାସିନ୍ଦା ଦହଗଞ୍ଜି ଭୋଗୁଥିବା ଜଣାପଡିଛି । ଏହି ଗ୍ରାମରେ ରହୁଥିବା ପ୍ରାୟ ୨୦ ଘର ଦଳିତ ସଂପ୍ରଦାୟର ପରିବାର ନିଜର ମୌଳିକ ସୁବିଧା ପାଇବା ପାଇଁ ଆପତି ଅଭିଯୋଗ କଲେ ମଧ କେହି ଶୁଣିବାକୁ ନାହାନ୍ତି । ନିର୍ବାଚିତ ପ୍ରତିନିଧି ମାନେ ଭୋଟ୍ ପାଇବା ପରେ ଦ୍ୱିତୀୟ ଥର ପାଇଁ ଗାଁ ଭିତରେ ପାଦ ପକାଉ ନଥିବା ଗ୍ରାମବାସୀ ମାନେ ଅଭିଯୋଗ କରିଛନ୍ତି । ଏହି ଗ୍ରାମବାସୀ ମାନଙ୍କୁ ଯାତାୟତ ପାଇଁ ରାସ୍ତା, ଆଲୋକ ଓ ପାନୀୟ ଜଳ ଯଥା ଶିଘ୍ର ପ୍ରଶାସନ ପକ୍ଷରୁ ଯୋଗାଇ ଦିଆ ନଗଲେ ଏହି ଦଳିତ ସଂପ୍ରଦାୟର ବ୍ୟକ୍ତିମାନେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଆଗରେ ଧାରଣାରେ ବସିବେ ବୋଲି ଚେତାବନୀ ଦେଇଛନ୍ତି ।



